ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK
पर्यवेक्षक

Vol.26 . No.245 Bhubaneswar Thursday November 09 2023 | ୨୬ତମ ବର୍ଷ ସଂଖ୍ୟା-୨୪୫ ଭୁବନେଶ୍ୱର, ଗୁରୁବାର, ନଭେମ୍ବର ୯, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ବଳ ଗୋଟାଉଛି ବିଜେପି: ବିଜେଡି ଛାଡି ମିଶିଲେ ଶତାଧିକ ନେତା ଓ କର୍ମୀ

ଭୁବନେଶ୍ୱର,୮।୧୧(ପି.ଏନ): ସାଧାରଣ ନିର୍ବାଚନ ପୂର୍ବରୁ ବଳ ଗୋଟାଇବାରେ ଲାଗିଛି ବିଜେପି । ବିଜେଡି ଓ କଂଗ୍ରେସ ଛାଡି ବହୁ ନେତା ଓ ଶତାଧିକ କର୍ମୀ ଆନୁଷ୍ଠାନିକ ଭାବେ ବିଜେପିରେ ସାମିଲ ହୋଇଛନ୍ତି । ବିଶେଷକରି କୋରାପୁଟ ଜିଲ୍ଲାର ଏକ ବୃହତ୍ ଗୋଷ୍ଠୀ ବିଜେଡି ଛାଡି ଆଜି ଆନୁଷ୍ଠାନିକ ଭାବେ ବିଜେପିରେ ଯୋଗ ଦେଇଛନ୍ତି । ସେହିପରି କେନ୍ଦ୍ରାପଡା ଜିଲ୍ଲାର କନିକା ରାଜପରିବାର ସଦସ୍ୟା ଦୁର୍ଗା ଦେବୀ ଓ କଟକ ବଡମ୍ବାର ଅବସରପ୍ରାପ୍ତ ସର୍ବଭାରତୀୟ ଅଫିସର ସମ୍ବିତ ତ୍ରିପାଠୀଙ୍କ ସମେତ କୋରାପୁଟ, କେନ୍ଦୁଝର, କଟକ, କେନ୍ଦ୍ରାପଡା ଓ ଜଗତସିଂହପୁର ଜିଲ୍ଲାର କଂଗ୍ରେସ ଓ ବିଜେପିର ବହୁ ନେତା ନିଜର ସମର୍ଥକମାନଙ୍କ ସହ ବିଜେପିରେ ସାମିଲ ହୋଇଛନ୍ତି ।ଆଜି ରାଜ୍ୟ ବିଜେପି କାର୍ଯ୍ୟାଳୟରେ ଆୟୋଜିତ ମିଶ୍ରଣ ପର୍ବରେ କୋରାପୁଟ ଜିଲ୍ଲା ବିଜୁ ଜନତା ଦଳର ବରିଷ୍ଠ ନେତା ତଥା ଗତ ସାଧାରଣ ନିର୍ବାଚନରେ କୋରାପୁଟ ଆସନରୁ ବିଜେଡି ବିଧାୟକ ପ୍ରାର୍ଥୀ ରଘୁରାମ ମାଛ, ଜୟପୁର ନିର୍ବାଚନମଣ୍ଡଳୀର ବରିଷ୍ଠ



ବିଜେଡି ନେତା ହିମାଂଶୁ ମହାପାତ୍ର ଆଜି ନିଜର ଶତାଧିକ ସମର୍ଥକଙ୍କ ଗହଣରେ ଆନୁଷ୍ଠାନିକ ଭାବେ ବିଜେପିରେ ସାମିଲ ହୋଇଛନ୍ତି । ସେହିପରି କୋରାପୁଟ ବ୍ଲକର ପୂର୍ବତନ ଅଧକ୍ଷ ନାଗେଶ୍ୱର ପାଙ୍ଗିଆ ଓ ରମା କୁମାରୀ ସିଂହ, ସରପଂଚ୍ ସବିତା ଡାମି ଓ କୌଶଲ୍ୟା ଜାନୀ, ସମିତି ସଭ୍ୟ ପ୍ରତିମା ଜାନୀଙ୍କ ସମେତ ନାରାୟଣ ନାୟକ, ଚନ୍ଦ୍ରଶେଖର ଖରା, ସୋମନାଥ ତୁରୁକ, ସମନାଥ ମାଝୀ, ପଦ୍ମ ମୁଦୁଲୀ, ଧର୍ମ ପୂଜାରୀ, ହରି ଖେମୁଣ୍ଡୁ ପ୍ରମୁଖ ଶତାଧିକ ସମର୍ଥକ ବିଜେଡି ଛାଡି ବିଜେପିରେ ସାମିଲ ହୋଇଛନ୍ତି । ସେହିପରି କଟକ ଜିଲ୍ଲା ବଡମ୍ବା ନିର୍ବାଚନମଣ୍ଡଳୀରୁ ପୂର୍ବତନ ପୂର୍ବତନ ଆଇଆରଏସ୍ ଅଧିକାରୀ ସମ୍ବିତ ତ୍ରିପାଠୀ, କେନ୍ଦ୍ରାପଡାର କନିକା ରାଜପରିବାରର ସଦସ୍ୟା ଦୁର୍ଗା ଦେବୀ ଆଜି ଆନୁଷ୍ଠାନିକ ଭାବେ ବିଜେପିରେ ସାମିଲ ହୋଇଛନ୍ତି ।

## ଉପବାଚସ୍ପତି ପଦରୁ ଇସ୍ତଫା ଦେଲେ ରଜନୀକାନ୍ତ ସିଂହ

ଭୁବନେଶ୍ୱର,୮।୧୧(ପି.ଏନ): ଉପବାଚସ୍ପତି ପଦରୁ ଆଜି ଇସ୍ତଫା ଦେଇଛନ୍ତି ରଜନୀକାନ୍ତ ସିଂହ। ବାଚସ୍ପତିଙ୍କୁ ଭେଟି ସେ ନିଜର ଇସ୍ତଫା ପତ୍ର ପ୍ରଦାନ କରିଛନ୍ତି। ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ନିଜ ଅଂଚଳରେ ଦଳୀୟ ସଂଗଠନକୁ ସୁଦୃ? କରିବା ଉଦ୍ଦେଶ୍ୟରେ ସେ ଇସ୍ତଫା ଦେଇଥିବା ଚର୍ଚ୍ଚା ହେଉଛି। ଇସ୍ତଫା ଦେବା ପରେ ରଜନୀକାନ୍ତ ସିଂହ କହିଛନ୍ତି, ସାମ୍ବିଧାନିକ ପଦରେ ଥିବାରୁ ଦଳୀୟ କାର୍ଯ୍ୟ କରିପାରୁନଥିଲି। ଦଳୀୟ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବା ଓ ଦଳୀୟ ସଂଗଠନକୁ ସୁଦୃ? କରିବାକୁ ଇସ୍ତଫା ଦେଇଛି। ସାମ୍ବିଧାନିକ ପଦରେ ଥିବାରୁ ସଂଗଠନ ଓ ଦଳୀୟ ଲୋକଙ୍କ ସହ ମିଶି ପାରୁ



ନଥିଲି। ସଂଗଠନ ଓ ଦଳୀୟ ଲୋକଙ୍କ ସହ ମିଶିବା ପାଇଁ ଇସ୍ତଫା ଦେଇଛି। ଏହା ହଠାତ୍? ନିଷ୍ପତ୍ତି ନୁହେଁ। ବହୁ ଦିନର ନିଷ୍ପତ୍ତି ଥିଲା।

## ଅଡ୍-ଇଭେନ୍ ଲାଗୁ ହେବ ନା ନାହିଁ? ସୁପ୍ରିମକୋର୍ଟରେ ଶୁଣାଣି ପରେ ନିଷ୍ପତ୍ତି

ନୂଆଦିଲ୍ଲୀ,୮।୧୧(ପି.ଏନ): ଦିଲ୍ଲୀକୁ ଡାକିଁ ରହିଛି ପ୍ରଦୂଷଣ। ଏହାକୁ ଦୃଷ୍ଟିରେ ରଖି କେଜ୍ରିୱାଲ ସରକାର ଏଠି ଅଡ୍-ଇଭେନ୍ ଲାଗୁ କରିବାକୁ ଘୋଷଣା କରିଥିଲେ। ତେବେ ଏହା ଏବେ ରାଜଧାନୀରେ ଲାଗୁ ହେବ ନା ନାହିଁ, ଶୁକ୍ରବାର ଦିନ ସୁପ୍ରିକୋର୍ଟରେ ଶୁଣାଣି ପରେ ନିଷ୍ପତ୍ତି ନିଆଯିବ। ଏହି ଶୁଣାଣିରେ ଦିଲ୍ଲୀ ସରକାରଙ୍କୁ ସୁପ୍ରିମକୋର୍ଟ ଅଡ୍-ଇଭେନ୍ ଉପରେ ଦେଇଥିବା ପ୍ରଶ୍ନର ଉତ୍ତର ଦେବାକୁ ପଡିବ। କେଜ୍ରିୱାଲ ସରକାର କହିଛନ୍ତି ଯେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକୁ ଆଧାର କରି ଆପ୍ ଆଧାରିତ ଦିଲ୍ଲୀ ବାହାରେ ରେଜିଷ୍ଟ୍ରେସନ ହୋଇଥିବା ଗାଡି ଉପରେ ପ୍ରତିବନ୍ଧକ ଲଗାଇବାକୁ ନିର୍ଦ୍ଦେଶ ଦିଆଯାଇଛି। କେଜ୍ରିୱାଲ ସରକାର କହିଛନ୍ତି ଯେ ଅଡ୍-ଇଭେନ୍‌କୁ ନେଇ ଦୁଇଟି ଅଧ୍ୟୟନ ରିପୋର୍ଟ ଅଛି, ଯାହାକୁ ସରକାର ପରବର୍ତ୍ତୀ ଶୁଣାଣିରେ ସୁପ୍ରିମକୋର୍ଟରେ ଉପସ୍ଥାପନ କରିବେ। ଅରେଞ୍ଜ ରଙ୍ଗର ଷ୍ଟିକର ଥିବା ବିଏସ ୩ ଏବଂ ବିଏସ ୪ ଡିଜେଲ ଗାଡିକୁ ନେଇ କୋର୍ଟ ତଥ୍ୟ ମାଗିଥିଲେ।

## ଡକାୟତି ଯୋଜନା ପଣ୍ଡ, ୭ ଅଭିଯୁକ୍ତ ଗିରଫ କଲା ସଦର ପୋଲିସ

ଜୟପୁର, ୮।୧୧(ପି.ଏନ): ଡକାୟତି ଯୋଜନା ପଣ୍ଡ କରିଛି ଜୟପୁର ସଦର ପୋଲିସ । ଏହି ମାମଲାରେ ୭ ଜଣକୁ ଗିରଫ କରିଛି। ପୋଲିସ ସୁଚନା ଅନୁଯାୟୀ ଜୟପୁର ସଦର ଥାନା ଅନ୍ତର୍ଗତ ଆମ୍ବାଗୁଡା ଠାରେ ପେଟ୍ରୋଲିଂ କରୁଥିବା ବେଳେ ପୋଲିସ ସୁଚନା ପାଇଥିଲା । କେତେ ଜଣ ଦୁବୃତ୍ତ ମିଶି ଯୋଜନା ବଦ୍ଧ ଭାବେ କୁମୁଲିପୁଟ ହାଟରେ ବସି ଡକାୟିତି କରିବାକୁ ଯୋଜନା କରୁଥିଲେ । ଦୁବୃତ୍ତମାନେ ଏକ ଡାୟକିତି ଗ୍ୟାଙ୍ଗ କରି ହରଡାପୁଟ ସ୍ଥିତ ପେଟ୍ରୋଲ ପମ୍ପରେ ଡକାୟତି କରିବାକୁ ଉଦ୍ୟମକରୁଥିଲେ । ଏମିତିକି ପମ୍ପର ନକଲି ଚାବି ମଧ୍ୟ ପ୍ରସ୍ତୁତ କରିବା ସହ ଆଧୁନିକ ଯନ୍ତ୍ରପାତି ରଖି ପ୍ରସ୍ତୁତ ହୋଇଥିଲେ । ପୋଲିସ ସୁଚନା ପାଇ ଏହି ଡକାୟତି ଯୋଜନାକୁ ପଣ୍ଡ କରି ୭ ଅଭିଯୁକ୍ତଙ୍କୁ ଗିରଫ କରିଛି ।

## ୨୨ରୁ ବିଧାନସଭା ସାମ୍ନାରେ ଧାରଣା ଦେବ ଘରୋଇ ବସ୍ ମାଲିକ ସଂଘ, ଦାବି ପୂରା ନହେଲେ ଡିସେମ୍ବର ପହିଲାରୁ ଧର୍ମଘଟ




ଭୁବନେଶ୍ୱର,୮।୧୧(ପି.ଏନ): ଚଳିତ ମାସ ୧ ତାରିଖ ଠାରୁ କଳାହାଣ୍ଡି ଓ ଏହାର ଆଖପାଖ ୧୦ ଜିଲ୍ଲାରେ ଘରୋଇ ବସ ଚଳାଚଳ ବନ୍ଦ ନିଷ୍ପତ୍ତିରୁ ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ଓହରି ଯାଇଥିବା ବେଳେ ଆନ୍ଦୋଳନ ପାଇଁ ପୁଣି ଥରେ ସଜବାଜ ହୋଇଛି। ସରକାର ଦାବି ମାନି ନଥିବାରୁ ଆସନ୍ତା ୨୨ ତାରିଖ ଠାରୁ ବିଧାନସଭାର ଶୀତକାଳୀନ ଅଧିବେଶନ ଅବସରରେ ଘରୋଇ ବସ୍ ମାଲିକ ସଂଘ ଧାରଣା ଦେବାକୁ ପ୍ରସ୍ତୁତ ହୋଇସାରିଛି । ନଭେମ୍ବର ୨୨ରେ ସଂଘର ୧୦୦୦ରୁ ଊର୍ଦ୍ଧ୍ୱ ବସ୍ ମାଲିକ ବିଧାନସଭା ସାମ୍ନାରେ ଧାରଣା ଦେବେ ବୋଲି ସୂଚନା ମିଳିଛି। ସରକାର ଯଦି ଦାବି ପୂରା ନକରନ୍ତି, ତାହେଲେ ସଂଘ ଡିସେମ୍ବର ୧ ତାରିଖ ଠାରୁ ଧର୍ମଘଟ କରିବ। ଆନ୍ଦୋଳନକୁ ଜୋରଦାର କରିବାକୁ ନିଷ୍ପତ୍ତି ନେଇଛି। ମାଲିକ ସଂଘ କର୍ମକର୍ତ୍ତା ବରଦା ଆଚାର୍ଯ୍ୟ ଗଣମାଧମକୁ ଏହି ସୂଚନା ଦେଇଛନ୍ତି।

## ଜାଲ୍ ସାର୍ଟିଫିକେଟ୍‌ରେ ଚାକିରି କରୁଥିଲେ ବିଆର୍‌ସିସି, ବାନ୍ଧିଲା ପୁଲିସ୍

ଭୁବନେଶ୍ୱର,୮।୧୧(ପି.ଏନ): ମହାଙ୍ଗା ପଡିଲା ଜାଲ ସାର୍ଟିଫିକେଟରେ ଚାକିରି। ବନ୍ଧା ହେଲେ ବଲାଙ୍ଗିର ଜିଲ୍ଲା ଗୁଡଭେଲା ବ୍ଲକ୍ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ କାର୍ଯ୍ୟରତ ବ୍ଲକ ରିସୋର୍ସ ସେଣ୍ଟର କୋର୍ଡିନେଟର(ବିଆର୍‌ସିସି) ଶ୍ୟାମ ସୁନ୍ଦର ପଧାନ। ଶ୍ୟାମସୁନ୍ଦର ଡ଼ଙ୍ଗାପଥର ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକତା କରୁଥିଲେ।ଜାଲ୍ ବିଇର୍ଡ଼ି ସାର୍ଟିଫିକେଟ ପ୍ରଦାନ କରି ଶ୍ୟାମସୁନ୍ଦର ପଦୋନ୍ନତି ପାଇଥିଲେ। ଗତ ୨୦୧୧ ମସିହାରୁ ଗୁଡଭେଲା ବିଇଓ ଅଫିସରେ ବିଆରସିସି ଭାବେ କାମ କରୁଛନ୍ତି। ସେ ଅନେକ ଦୁର୍ନୀତିରେ ଲିପ୍ତ ଥିବା ଅଭିଯୋଗ ହେଉଥିଲା। ଜାଲ୍ ସାର୍ଟିଫିକେଟ୍‌ରେ ଚାକିରି ନେଇ ଖବର ଓଡିଶା ରିପୋର୍ଟରରେ ପ୍ରକାଶ ପାଇବା ପରେ ତତ୍ପର ହୋଇଥିଲା ବଲାଙ୍ଗିର ଜିଲ୍ଲା ପ୍ରଶାସନ।

## ସମ୍ବଲପୁର ଆସୁଥିବା ମେମୁ ଟ୍ରେନ ଲାଇନଚ୍ୟୁତ



ଭୁବନେଶ୍ୱର,୮।୧୧(ପି.ଏନ): ମେମୁ ଟ୍ରେନ୍ ଲାଇନଚ୍ୟୁତ। ଝାରସୁଗୁଡାରୁ ସମ୍ବଲପୁର ଆସୁଥିବା ବେଳେ ମେମୁ ଟ୍ରେନ ଲାଇନଚ୍ୟୁତ ହୋଇଛି। ଟ୍ରେନ୍‌ଟି ସରଳା ନିକଟରେ ଲାଇନଚ୍ୟୁତ ହୋଇଥିବା ଜଣାପଡିଛି। ମଇଁଷିକୁ ଧକ୍କା ଦେଇ ଲାଇନଚ୍ୟୁତ ହୋଇଥିବା ଅନୁମାନ କରାଯାଉଛି। ଟ୍ରେନର ଗୋଟିଏ ବଗି ଲାଇନଚ୍ୟୁତ ହୋଇଛି। ଦୁର୍ଘଟଣାରେ କ୍ଷୟକ୍ଷତି ନେଇ ଏଯାବତ ସୂଚନା ମିଳିନାହିଁ।

## ଟୁଟୁ ନାୟକଙ୍କୁ ମିଳିଲା ଜାମିନ, ୫୦ ହଜାର ଟଙ୍କା ଓ ଜଣେ ଜାମିନଦାର ବଦଳରେ ମିଳିଲା ଜାମିନ

ଭୁବନେଶ୍ୱର,୮।୧୧(ପି.ଏନ): ମହିଳା ସାମ୍ବାଦିକାଙ୍କୁ ମାଡ ମାରିବା ମାମଲାରେ ଗିରଫ ହୋଇଥିବା ଓଲିଉଡ୍ ସିନେମା ପ୍ରଯୋଜକ ଟୁଟୁ ନାୟକଙ୍କୁ ମିଳିଲା ଜାମିନ । ଭୁବନେଶ୍ୱର ଏସଡିଜେଏମ୍ କୋର୍ଟ ଆଜି ଟୁଟୁ ନାୟକଙ୍କୁ ଜାମିନ ପ୍ରଦାନ କରିଛନ୍ତି । ୫୦ ହଜାର ଟଙ୍କା ଓ ଜଣେ ଜାମିନଦାର ବଦଳରେ ତାଙ୍କୁ କୋର୍ଟ ସର୍ତ୍ତ ମୂଳକ ଜାମିନ ଦେଇଛନ୍ତି ।ଏଠାରେ ସୂଚାଇ ଦିଆଯାଇପାରେ କି ପ୍ରଥା ଫିଲ୍ମର



ପ୍ରମିୟର ବେଳେ ସ୍ୱାତି କମ୍ପ୍ଲେକ୍ସରେ ମହିଳା ସାମ୍ବାଦିକାଙ୍କୁ ମାଡ ମାରିଥିବା ଅଭିଯୋଗ ହୋଇଥିଲା । ଗତ ଶନିବାର ଠାରୁ ଗିରଫ ହୋଇ ଜେଲ୍‌ରେ ଥିଲେ ଟୁଟୁ ନାୟକ । ଖାରବେଳ ନଗର ଥାନା ପୋଲିସ ଟୁଟୁଙ୍କୁ ଗିରଫ କରିଥିଲା ।

## ନାସା ଉପଗ୍ରହ ଚିତ୍ରରେ ଭାରତର ଧୂଆଁ

ଭୁବନେଶ୍ୱର,୮।୧୧(ପିଏନ):ରାଜଧାନୀ ଦିଲ୍ଲୀର ବାୟୁ ପ୍ରଦୂଷଣ ଏବେ ସାଂଘାତିକ ସ୍ଥିତିରେ ପହଞ୍ଚିଛି। ବାୟୁ ପ୍ରଦୂଷଣର ସ୍ତର ଗମ୍ଭୀର ହେବାରୁ ଦିଲ୍ଲୀ ସରକାର ସ୍କୁଲ ବନ୍ଦ କରିବା ଏବଂ ଗାଡିମଟର ଚଳାଚଳ ଉପରେ କଟକଣା କରିବା ଭଳି ବିଭିନ୍ନ ଜରୁରୀକାଳୀନ ପଦକ୍ଷେପ ଲାଗୁ କରିଛନ୍ତି। ତେବେ ଏହାରି ଭିତରେ ଭାରତରେ ବାୟୁ ପ୍ରଦୂଷଣର ଚିତ୍ର ଶେୟାର କରିଛି ନାସା।ପଞ୍ଜାବ, ହରିୟାଣା, ଉତ୍ତର ପ୍ରଦେଶ ଓ ରାଜସ୍ଥାନର ଚାଷ ଜମିରେ ନଡା ନିଆଁର



ଧୂଆଁ ଆସିବା ଯୋଗୁ ଦିଲ୍ଲୀରେ ପ୍ରଦୂଷଣର ମାତ୍ରା ବଢୁଛି। ଏହି ବିଷାକ୍ତ ଧୂଆଁ ପାକିସ୍ତାନରୁ ବଙ୍ଗୋପସାଗର ପର୍ଯ୍ୟନ୍ତ କିଭଳି ବ୍ୟାପିବାରେ ଲାଗିଛି ତାହା ନାସାର ଉପଗ୍ରହ ଚିତ୍ରରେ କଏଦ ହୋଇଛି।

## ବେପାର ବେଳେ ମାଡିବସିଲା ଏସ୍‌ଟିଏଫ୍: ୨ଟି କଲରାପତରିଆ ବାଘର ଛାଲ ଜବତ, ୨ ଅଭିଯୁକ୍ତ ଗିରଫ

ରାୟଗଡା,୮।୧୧(ପି.ଏନ): ଏସଟିଏଫକୁ ମିଳିଛି ପୁଣି ଏକ ବଡ ସଫଳତା। ବିଶେଷ ସୂତ୍ରରୁ ଖବର ପାଇ ରାୟଗଡାରୁ ଦୁଇଟି ବାଘ ଛାଲ ଜବତ କରିବା ସହ ୨ ଜଣକୁ ଗିରଫ କରିଛି। ମଙ୍ଗଳବାର ଗୁଇନ୍ଦା ସୂତ୍ରରୁ ଖବର ପାଇଲା ଯେ ରାୟଗଡାର ଚାନ୍ଦିଲି ଥାନା ଅଂଚଳରେ ବାଘ ଛାଲ ରାକେଟ ସକ୍ରିୟ ହୋଇଛି। ତୁରନ୍ତ ରାୟଗଡାରେ ଏସଟିଏଫ ଟିମ ପହଞ୍ଚି ତଦନ୍ତ ଆରମ୍ଭ



କରିଥିଲା। ଚାନ୍ଦିଲି ଥାନା ଅଂଚଳର ତାମ୍ପରବିନ୍ଦୁନି ଛକ ନିକଟରେ ବାଘ ଛାଲର ବେପାର ଚାଲିଥିବା ବେଳେ ଏସଟିଏଫ ଟମି ମାଡିବସିଥିଲା। ଏହି ଘଟଣାରେ ଦୁଇ ଜଣ ଆସାମୀକୁ ଗିରଫ କରିବାରେ ସଫଳ ହୋଇଥିଲା। ଚନ୍ଦ୍ରପୁର ଥାନା ଅନ୍ତର୍ଗତ ବିଜାପୁର ଅଂଚଳର ବିକ୍ରମ ମାଝି ଏବଂ ରାଜା ମାଝି। ଦୁଇ ଜଣକୁ ଗିରଫ କରିବା ପରେ ସେମାନଙ୍କ ଠାରୁ ବାଘ ଛାଲ ସହ ଅନ୍ୟ ସାମଗ୍ରୀ ମଧ୍ୟ ଜବତ କରାଯାଇଛି।

## ସୁନ୍ଦରଗଡ, ଢେଙ୍କାନାଳ ଓ ବୌଦ୍ଧ ଜିଲ୍ଲାରେ 'ଆମ ଓଡିଶା ନବୀନ ଓଡିଶା'ର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୮।୧୧(ପି.ଏନ): ରାଜ୍ୟ ସରକାରଙ୍କର ଗ୍ରାମାଭିମୂଖୀ ମହତ୍ୱକାଂକ୍ଷୀ ଯୋଜନା 'ଆମ ଓଡିଶା ନବୀନ ଓଡିଶା' ମାଧ୍ୟମରେ ନୂଆ ଓଡିଶା ସଶକ୍ତ ଓଡିଶା ଗଠନର ଭିତ୍ତିଭୂମିକୁ ସୁଦୃଢ କରିବା ପାଇଁ ଆରମ୍ଭ ହୋଇଛି ଅଭିଯାନ। ଏହି କାର୍ଯ୍ୟକ୍ରମର ଫୋକସ୍ ହେବ ପ୍ରତି ପଞ୍ଚାୟତ, ପ୍ରତି ଗାଁ । ଆଜି ଭୁବନେଶ୍ୱରରୁ ଆଭାସୀ ଯୋଗେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ କାର୍ଯ୍ୟକ୍ରମର ଦ୍ୱାଦଶ ଦିନରେ ସୁନ୍ଦରଗଡ, ଢେଙ୍କାନାଳ ଓ ବୌଦ୍ଧ ଜିଲ୍ଲାରେ ଏହି ଯୋଜନାର ଶୁଭାରମ୍ଭ କରିଛନ୍ତି । ପ୍ରତି ପଞ୍ଚାୟତ ପାଇବେ ୫୦ ଲକ୍ଷ ଟଙ୍କା । ଏଥିପାଇଁ ସୁନ୍ଦରଗଡ ଜିଲ୍ଲାର ୬ଟି ନିର୍ବାଚନମଣ୍ଡଳୀକୁ ମିଳିଛି ୧୩୯.୫୦କୋଟି ଟଙ୍କା । ଏହି ନିର୍ବାଚନମଣ୍ଡଳୀ ଗୁଡିକ ହେଲା – ସୁନ୍ଦରଗଡ, ତଳସରା, ବିରମିତ୍ରପୁର, ରଘୁନାଥପାଲି, ରାଜଗାଙ୍ଗପୁର ଓ ବଣେଇ। ଏହିସବୁ ନିର୍ବାଚନ ମଣ୍ଡଳୀର ୧୭ଟି ବ୍ଲକ୍‌ର ୨୭୯ଟି ଗ୍ରାମ ପଞ୍ଚାୟତରେ ୩୦୧୬ଟି ପ୍ରକଳ୍ପ ହେବ। ସେହିପରି ଢେଙ୍କାନାଳ ଜିଲ୍ଲାର ୪ଟି ନିର୍ବାଚନମଣ୍ଡଳୀ ପାଇଁ ୧୦୬ କୋଟି ଟଙ୍କା ମଂଜୁର ହୋଇଛି। ଏହି ନିର୍ବାଚନମଣ୍ଡଳୀ ଗୁଡିକ ହେଲା – ଢେଙ୍କାନାଳ, କାମାକ୍ଷାନଗର, ପରଜଙ୍ଗ, ହିନ୍‌ଦୋଳ। ଏଥିରେ ୮ଟି ବ୍ଲକ୍‌ର ୨୧୨ ଟି ଗ୍ରାମପଞ୍ଚାୟତରେ ୩୦୫୩ଟି ପ୍ରକଳ୍ପ କରାଯିବ। ସେହିପରି ବୌଦ୍ଧ ଜିଲ୍ଲାର ୨ଟି ନିର୍ବାଚନ ମଣ୍ଡଳୀକୁ ମିଳିଛି ୩୪.୫୦ କୋଟି ଟଙ୍କା। ଏହି ନିର୍ବାଚନମଣ୍ଡଳୀ ଗୁଡିକ ହେଲା – କଣ୍ଟାମାଳ, ବୌଦ୍ଧ । ଏହିସବୁ ନିର୍ବାଚନମଣ୍ଡଳୀର ୩ଟି ବ୍ଲକ୍‌ର ୬୯ ଟି ଗ୍ରାମ ପଞ୍ଚାୟତରେ ୧୧୫୯ଟି ପ୍ରକଳ୍ପ ହେବ।ଆଜିର କାର୍ଯ୍ୟକ୍ରମ ପାଇଁ ସୁନ୍ଦରଗଡ ଜିଲ୍ଲାର ୬ଟି, ଢେଙ୍କାନାଳ ଜିଲ୍ଲାର ୪ଟି ଓ ବୌଦ୍ଧ ଜିଲ୍ଲାର ୨ଟି ନିର୍ବାଚନମଣ୍ଡଳୀରେ ଆୟୋଜିତ କାର୍ଯ୍ୟକ୍ରମରେ ବିପୁଳ ଜନସମାଗମ ହୋଇଥିଲା। 'ଆମ ଓଡିଶା ନବୀନ ଓଡିଶା' କାର୍ଯ୍ୟକ୍ରମ ପାଇଁ ଲୋକଙ୍କ ଭିତରେ ବିପୁଳ ଉତ୍ସାହ ପରିଲକ୍ଷିତ ହୋଇଥିଲା।ଏହି କାର୍ଯ୍ୟକ୍ରମରେ ପ୍ରତି ଗାଁରେ ଜଗନ୍ନାଥ ସଂସ୍କୃତିର ପ୍ରସାର, ପ୍ରତି ପୂଜାସ୍ଥଳୀର ବିକାଶ ଜରିଆରେ ଓଡିଶାର ସଂସ୍କୃତିର ମୂଳ ଭିତ୍ତିକୁ ସୁଦୃଢ କରାଯିବା ସହିତ ଡିଜିଟାଲ ଭିତ୍ତିଭୂମିର ମଧ୍ୟ ବିକାଶ କରାଯିବ। ଏକ ଆକାଂକ୍ଷୀ ଓଡିଶା ଗଠନ ପାଇଁ ଏହା ହେବ ମୂଳ ଭିତ୍ତି । ଏହି ଅବସରରେ ଉଦ୍‌ବୋଧନ ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ସଂସ୍କୃତିର ପ୍ରସାର ଓ ଆଧୁନିକ ଭିତ୍ତିଭୂମିର ଉନ୍ନତି ଆମର ଗାଁଗୁଡିକୁ ବିକାଶର ଶିଖରରେ ପହଞ୍ଚାଇବ। ସେ ପୁଣି କହିଲେ ଯେ ଆମ ଓଡିଶା ନବୀନ ଓଡିଶା କାର୍ଯ୍ୟକ୍ରମ ଗାଁ ଗାଁରେ ଆଧୁନିକ ଓଡିଶାର ଭିତ୍ତି ସ୍ଥାପନ କରିବ।

## ଓଡିଶାରେ ପ୍ରଥମ: ଜେଲ ବିଭାଗରେ କାର୍ଯ୍ୟକାରୀ ହେବ 'ପ୍ରିଜନ୍ ମ୍ୟାନେଜମେଣ୍ଟ ସିଷ୍ଟମ', ଖସି ପାରିବେନି କଏଦୀ

ଭୁବନେଶ୍ୱର,୮।୧୧(ପି.ଏନ): ରାଜ୍ୟର ବିଭିନ୍ନ ଜେଲରେ ବନ୍ଦୀ ଜୀବନ ବିତାଉଥିବା କଏଦୀଙ୍କ ସୁବିଧା ପାଇଁ ରାଜ୍ୟ ସରକାର ଅନେକ ପଦକ୍ଷେପ ଗ୍ରହଣ କରିଛନ୍ତି । କଏଦୀଙ୍କ ପ୍ରତିଭାର ପ୍ରଦର୍ଶନ ପାଇଁ ଜେଲରେ ରେଡିଓ ଜକି ଖୋଲିବା ପାଇଁ ନିକଟରେ ନିଷ୍ପତ୍ତି ନିଆଯାଇଥିଲା । ରାଜଧାନୀର ଝାରପଡାରେ ରେଡିଓ ଷ୍ଟେସନ ଖୋଲିବା ନେଇ କେନ୍ଦ୍ର ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ଅନୁମତି ପ୍ରଦାନ କରିଥିଲା । ପୂର୍ବରୁ କଏଦୀଙ୍କ ଗୋଡରେ ଜିପିଏସ ଲାଗିବା ନେଇ ଯୋଜନା କରାଯାଇଥିବା ବେଳେ ପୁଣି ଏକ ନୂଆ ପଦକ୍ଷେପ ଗ୍ରହଣ କରାଯାଇଛି । ବଡ ବଡ ବିକଶିତ ଦେଶମାନଙ୍କ ଭଳି ଓଡିଶାର ଜେଲଗୁଡିକରେ ପ୍ରିଜନ ମ୍ୟାନେଜମେଣ୍ଟ ସିଷ୍ଟମ ବା ଜେଲ ପରିଚାଳନା ବ୍ୟବସ୍ଥା ଲାଗୁ ହେବ । ପ୍ରଥମ ଥର ପାଇଁ ରାଜ୍ୟରେ ଏହି ବ୍ୟବସ୍ଥା ଲାଗୁ ହେବାକୁ ଯାଉଥିବା ବେଳେ ପ୍ରଥମ ପର୍ଯ୍ୟାୟରେ ଝାରପଡା ଓ ଚୌଦ୍ୱାର ଜେଲରେ ଏହାକୁ ଆରମ୍ଭ କରାଯିବ । ଏନେଇ ପ୍ରସ୍ତୁତି ପ୍ରକ୍ରିୟା ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚିଥିବା ଜଣାପଡିଛି ।ଏହି ବ୍ୟବସ୍ଥାରେ ଏକ ସଫ୍ଟୱେୟାର ଆପ୍ଲିକେସନରେ ସମସ୍ତ କଏଦୀଙ୍କ କୁଣ୍ଡଳୀ ରହିବ । ତାହାକୁ କେହି ଡିଲିଟ୍ କି ହ୍ୟାକ୍ କରିପାରିବେ ନାହିଁ । ଭିନ୍ନ ଭିନ୍ନ କଏଦୀଙ୍କ ନାମ ସମାନ ହେଲେ ମଧ୍ୟ ଭୁଲରେ ବି କେହି ଖସି ପାରିବେ ନାହିଁ । ପୂର୍ବରୁ ସମାନ ନାମ ଥାଇ ଜଣଙ୍କୁ ଜାମିନ ହୋଇଥିବା ବେଳେ ସମାନ ନାମଧାରୀ ଅନ୍ୟ ଜଣେ ଅଭିଯୁକ୍ତ ଖସି ପଳାଉଥିଲେ । ମାତ୍ର ଏହି ବ୍ୟବସ୍ଥା ଲାଗୁ ହେବା ଫଳରେ ଆଉ କେହି ଖସି ପାରିବେ ନାହିଁ । ଏହି ଆପ୍ଲିକେସନକୁ ସ୍ୱତନ୍ତ୍ର ଆଇଡି ଓ ପାସୱାର୍ଡ ଦେଇ ରଖାଯିବ । ସେଥିରେ କଏଦୀଙ୍କ ନାମ, ଠିକଣା, ଅପରାଧ ରେକର୍ଡ, ଦଣ୍ଡ ଆଦି ସମସ୍ତ ତଥ୍ୟ ରହିବ । ଏଥିସହିତ ପେଶାଦାର ଅପରାଧୀ, ଠକ, ଗ୍ୟାଙ୍ଗଷ୍ଟରଙ୍କ ଦଣ୍ଡ ବିଷୟରେ ମଧ୍ୟ ସେଥିରେ ଉଲ୍ଲେଖ ରହିବ।

## ମହୁଆ ମାମଲାର ହେବ ସିବିଆଇ ତଦନ୍ତ

ନୂଆଦିଲ୍ଲୀ,୮।୧୧(ପି.ଏନ): ଲାଞ୍ଚ ନେଇ ପ୍ରଶ୍ନ ପଚାରିବା ମାମଲାରେ ତୃଣମୂଳ ସାଂସଦ ମହୁଆ ମୋଇତ୍ରାଙ୍କ ଦିନକୁ ଦିନ ଅଡୁଆ ବଢ଼ିବାରେ ଲାଗିଛି। ଦୁର୍ନୀତି ନିବାରଣ ପ୍ୟାନେଲ ଏହି ମାମଲାରେ ଏବେ ସିବିଆଇ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଛି। ବିଜେପି ସାଂସଦ ନିଶିକାନ୍ତ ଦୁବେ ଏହି ଦାବି କରିଛନ୍ତି। ସେ ସୋଶାଲ ମିଡିଆରେ ଏନେଇ ଏକ ପୋଷ୍ଟ କରି ସୂଚନା



ଦେଇଛନ୍ତି। ସୋଶାଲ ମିଡିଆ ପୋଷ୍ଟ 'ଢ'ରେ ସେ ଲେଖିଛନ୍ତି, 'ମୋର ଅଭିଯୋଗ ପରେ ଲୋକପାଳ ମହୁଆ ମୋଇତ୍ରାଙ୍କ ବିରୋଧରେ ଆସିଥିବା ଦୁର୍ନୀତି ସମ୍ପର୍କୀ ସିବିଆଇ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।'










## ଟି ଟାଇମ୍

# ବର ମାରେ ୩ଥର ଶର



ବିଭିନ୍ନ ଦେଶରେ ଭିନ୍ନ ଭିନ୍ନ ଜାତିର ଲୋକ ବାସ କରନ୍ତି । ଏଥିପାଇଁ ସମସ୍ତଙ୍କର ରୀତିନୀତି ମଧ୍ୟ ଭିନ୍ନ ଭିନ୍ନ । ବିବାହ ସମୟରେ ପାଳନ କରାଯାଉଥିବା ପରମ୍ପରା ମଧ୍ୟ ଅନେକ ପ୍ରକାର ରହିଥାଏ । ବିବାହକୁ ନେଇ ଚୀନ୍‌ରେ ଏକ ଭିନ୍ନ ପରମ୍ପରା ରହିଛି । ଚୀନ୍‌ର ୟୁଗୁର ସମ୍ପ୍ରଦାୟରେ ଦୁଇ ଦିନ ପର୍ଯ୍ୟନ୍ତ ଚାଲିଥିବା ଏହି ବିବାହ ମହୋତ୍ସବରେ ପ୍ରଥମେ ପ୍ରଥମେ ବଡ଼ ଧୁମ୍‌ଧାମ୍‌ରେ ବର ବଧୂଙ୍କର ବିବାହ କରାଯାଇଥାଏ । ପରେ ଏଠାରେ ରୀତିନୀତି ଅନୁସାରେ ବରକୁ ତିନିଥର ନିଜ ବଧୂକୁ ଧନୁଶରରେ ମାରିବାକୁ ପଡିଥାଏ । ଭଲକଥା ଏହା ହେଉଛି କି ତୀରର ଅଗ୍ରଭାଗରେ ଲାଗିଥିବା ଲୁହାକୁ କଢାଯାଇଥାଏ । କାରଣ ଏହାଫଳରେ ବଧୂ କିମ୍ବା ଅନ୍ୟ କାହାରିକୁ ଆଘାତ ନଲାଗେ । ଏହାପରେ ବର ଏହି ତୀର ଏବଂ ଧନୁକୁ ଭାଙ୍ଗି ଦେଇଥାଏ । ଏସବୁ ଏଥିପାଇଁ କରାଯାଇଥାଏ କାରଣ ବର ଏବଂ ବଧୂ ବୈବାହିକ ଜୀବନ ସୁଖମୟ ହେବା ସହିତ ସମ୍ପର୍କ ମଜଭୁତ ହୋଇଥାଏ ।

# ମଧୁମେହଜନିତ ଦୃଷ୍ଟିହୀନ ଚିକିତ୍ସାର ନୂଆ ଦିଗ

ମଧୁମେହ ଯୋଗୁଁ ଦୃଷ୍ଟିହୀନତାର ଶିକାର ହେଇଥିବା ରୋଗୀଙ୍କ ଦୃଷ୍ଟିଶକ୍ତି ଫେରାଇ ଆଣିବା ଦିଗରେ ଆମେରିକାର ଗବେଷକମାନେ ନୂଆ ଉପାୟ ବାହାର କରିଛନ୍ତି। ମଧୁମେହ ଯୋଗୁଁ ଚକ୍ଷୁର ଦୃଶ୍ୟପଟଳ (ରେଟିନା) ପ୍ରଭାବିତ ହୋଇ ରୋଗୀ ଦୃଷ୍ଟିଶକ୍ତି ହରାଇଥାଏ। ଦୁର୍ବଳ ରକ୍ତ ଧମନୀରୁ



ରକ୍ତ କିମ୍ବା ଫ୍ଲୁଇଡ ନିର୍ଗତ ହୋଇ ରେଟିନାକୁ କ୍ଷତି ପହଞ୍ଚାଇଥାଏ। ଚକ୍ଷୁର ରକ୍ତ ଧମନୀକୁ (ଲେଜର ସିଲିଂ) ପ୍ରୋଟିନ ଚର୍ବିର ଆବରଣ ଦ୍ୱାରା ସୁରକ୍ଷିତ ରଖିବା ସହିତ ଏହାକୁ ପରିବର୍ତ୍ତନ କରାଗଲେ ଦୃଷ୍ଟିଶକ୍ତି ଫେରିପାରିବ। ଆମେରିକାର ଏକ ଜର୍ଣ୍ଣାଲରେ ପ୍ରକାଶ ପାଇଥିବା ତଥ୍ୟ ଅନୁଯାୟୀ ଜନ ହପକିନ୍ସ ବିଶ୍ୱବିଦ୍ୟାଳୟ ଓ ୟୁନିଭରସିଟି ଅଫ ମେରିଲାଣ୍ଡର ଗବେଷକମାନେ ଏହି ସଫଳତା ପାଇଛନ୍ତି। ଆମେରିକାର ୪୫% ମଧୁମେହ ରୋଗୀ ଦୃଷ୍ଟିହୀନତାର ଶିକାର ହୋଇଥାନ୍ତି। ଲେଜର ସିଲିଂ ଦ୍ୱାରା ଏହାର ଚିକିତ୍ସା କରାଯିବା ସମ୍ଭବ। ନିକଟରେ ବାହାର କରାଯାଇଥିବା କେତେକ ଔଷଧ ଯଥା ବେଭାସିଜୁମାବ, ରାନିବିଜୁମାବ ଓ ଆଫଲିବେରସେପ୍ଟ ଏହି ଚିକିତ୍ସା ପାଇଁ କିଛିଟା ସହାୟକ ହୋଇପାରିଛି।

## ପୁରାଣ କାହାଣୀ

# ମା'କାଳୀ ଓ ରାମକୃଷ୍ଣ ପରମହଂସ

ହିନ୍ଦୁ ଧର୍ମରେ କାର୍ତ୍ତିକ ମାସକୁ ଧର୍ମର ମାସ ବୋଲି କୁହାଯାଏ । କାହିଁକିନା ଏହି ମାସରେ ନାନା ପର୍ବପର୍ବାଣି ପଡ଼ିଥାଏ ଓ ସମସ୍ତେ ଓଷା ବ୍ରତ କରି ପୁଣ୍ୟ ଅର୍ଜନ କରିବାକୁ ଚାହିଁଥାନ୍ତି । ଇତିମଧ୍ୟରୁ କାର୍ତ୍ତିକ ଅମାବାସ୍ୟା ଅନ୍ୟତମ । କାର୍ତ୍ତିକ ଅମାବାସ୍ୟାକୁ ବଡ଼ ଦୀପାବଳି ବୋଲି କୁହାଯାଏ । କାରଣ ଏହି ଦିନ ଲକ୍ଷ୍ମୀ ଓ ଗଣେଷଙ୍କୁ ପୂଜା କରାଯାଏ । ଏହି ଦିନ ମା'ଦୁର୍ଗାଙ୍କ ଚାମୁଣ୍ଡା ବା ଚଣ୍ଡି ରୂପ ଧାରଣ କରି ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦିଙ୍କୁ ବିନାଶ କରି ଦେବଗଣଙ୍କୁ ମୁକ୍ତ କରିଥିଲେ ଓ ଶାନ୍ତି ଫେରାଇ ଆଣିଥିଲେ । ଏଥିପାଇଁ ବାଣ, ରୋଷଣି ଓ ଦୀପାବଳିର ଉତ୍ସବ ମାଧ୍ୟମରେ ଏହି ପର୍ବ ପାଳନ କରାଯାଏ ।



ଚଣ୍ଡିପୁରାଣ ଓ ମାର୍କଣ୍ଡେୟ ପୁରାଣ ଅନୁଯାୟୀ ଶୁମ୍ଭ, ନିଶୁମ୍ଭ, ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦି ଅସୁରମାନେ ଦେବୀ ଦୁର୍ଗାଙ୍କୁ ଧରିବା ପାଇଁ ସୈନ୍ୟ ସାମନ୍ତ ଧରି ଆସିଥିଲେ । ସେମାନଙ୍କର ଦେବୀ ଦୁର୍ଗାଙ୍କ ସହ ଯୁଦ୍ଧ ମଧ୍ୟ ହେଲା । ସବୁ ରାକ୍ଷସ ମଧ୍ୟରେ ଥିବା ରକ୍ତବୀର୍ଯ୍ୟ ରାକ୍ଷସ ବ୍ରହ୍ମାଙ୍କଠାରୁ ବରଦାନ ପ୍ରାପ୍ତ କରିଥିଲା । ତା'ଶରୀରର ଗୋଟିଏ ରକ୍ତବିନ୍ଦୁ ଭୂମିଷ୍ଠ ହେଲେ ସେଥିରୁ ତା' ଭଳି ଅନେକ ରାକ୍ଷସ ଜନ୍ମନେବେ । ଏପରି ସ୍ଥଳରେ ରକ୍ତବୀର୍ଯ୍ୟର ଉତ୍ପାତକୁ ବିନାଶ କରିବା ପାଇଁ ମା'ଦୁର୍ଗା କାଳୀ ରୂପ ଧାରଣ କରିଥିଲେ ଓ ରକ୍ତବୀର୍ଯ୍ୟର ଗୋଟିଏ ବି ରକ୍ତ ବିନ୍ଦୁ ଭୂମିଷ୍ଠ ହେବାକୁ ଦେଇନଥିଲେ । ସେତେବେଳେ ସେ ଏତେ କ୍ଷୁବ୍ଧ ଥିଲେ ଯେ, ଯେପରି ସବୁ ସୃଷ୍ଟି ଧ୍ୱଂସ ପାଇଯିବ । ଏ ବିଷୟ ମହାଦେବ ଜାଣିପାରି ତାଙ୍କୁ ଅଟକାଇବା ପାଇଁ ତାଙ୍କ ସମ୍ମୁଖରେ ପଡ଼ିଗଲେ । ତଥାପି ସେ ରାଗରେ ଥିବାରୁ ମହାଦେବଙ୍କ ଉପରେ ପାଦ ରଖିଦେଇଥିଲେ । ଯେତେବେଳେ ସେ ଶିବଙ୍କୁ ତାଙ୍କ ପାଦ ତଳେ ଦେଖିବାକୁ ପାଇଲେ ସେତେବେଳେ ହଠାତ ଜିଭ କାମୁଡ଼ି ଦେଇଥିଲେ । ପରେ ସେ ପ୍ରକୃତିସ୍ଥ ଏବଂ ସ୍ଥିତପ୍ରଜ୍ଞ ହୋଇଗଲେ । ମା'ଙ୍କର ସେହି ମହାକାଳୀ ରୂପକୁ ଆଜିର ଦିନରେ ପୂଜା କରାଯାଏ । ସେହି ମା' ହିଁ ଆଦ୍ୟାଶକ୍ତି, ସେ ହିଁ ସୃଷ୍ଟି ଓ ପ୍ରଳୟ । ଯୁଗେ ଯୁଗେ ଦୁଷ୍ଟ ଶକ୍ତିକୁ ସଂହାର କରିବା ପାଇଁ ମା'କାଳୀ ରୂପ ଧାରଣ କରି ଧରା ପୃଷ୍ଠରେ ଅବତରଣ କରନ୍ତି।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି



କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍‌ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ସବୁଠାରୁ ଛୋଟିଆ ଗାଁ

ଦୁଇ ତିନି ଜଣ ଲୋକଙ୍କୁ ନେଇ ଗ୍ରାମ ଗଠିତ ହେବା କେବେ ଜାଣିଛନ୍ତି । ସେଭଳି ଏକ ଗ୍ରାମ ଦେଖିବାକୁ ମିଳିଛି ସ୍ପେନ୍‌ରେ । ବିଗତ ୪୫ବର୍ଷ ହେବ ସ୍ୱାମୀ-ସ୍ତ୍ରୀ ହିଁ ରହିଆସୁଛନ୍ତି ସେ ଗ୍ରାମରେ । ସ୍ପେନ୍‌ରେ ୧୯୩୬ ମସିହାରେ ଏକ ଗୃହଯୁଦ୍ଧ ଦ୍ୱାରା ହଜାର ହଜାର ସଂଖ୍ୟାର ଲୋକ ସହରକୁ ପଳାଇଥିଲେ । ସେତେବେଳେ ଏହି ଛୋଟ ଗ୍ରାମରେ କେବଳ ଏହି ଦମ୍ପତି ହିଁ ଏକଲା ରହିଯାଇଥିଲେ । ଏହି ଗ୍ରାମରେ ପୂର୍ବରୁ ପାଖାପାଖି ୨୦୦ଲୋକ ରହୁଥିଲେ । କିନ୍ତୁ ଏବେ ପୂରା ଗ୍ରାମରେ କେବଳ ଦୁଇ ଲୋକ ରହୁଛନ୍ତି । ଏହି ଦମ୍ପତି ହେଉଛନ୍ତି ୮୨ବର୍ଷୀୟ ସ୍ପେନିଆଡ୍ରସ ଜୁଆନ ମାର୍ଟିନ୍ ଏବଂ ୭୯ବର୍ଷୀୟା ସିନ୍‌ଫେରେସା କୋଲୋମର । ଏମାନଙ୍କ ପାଖରେ କିଛି ଡଜନ କୁକୁର ଏବଂ ବିଲେଇ ମଧ୍ୟ ରହିଛନ୍ତି । ଏହି ଦୁଇଜଣ ଚାଷ କରି ନିଜର ଗୁଜୁରାଣ ମେଣ୍ଟାନ୍ତି । ଏହି ଦମ୍ପତିଙ୍କ କାହାଣୀକୁ ନେଇ



'ଜଙ୍ଗଲ୍ସ ଇନ୍ ପ୍ୟାରିସ୍' ନାମକ ଏକ ଲଘୁ ଫିଲ୍ମ ମଧ୍ୟ ପ୍ରସ୍ତୁତ ହୋଇଗଲାଣି । ଦମ୍ପତିଙ୍କର ଗ୍ରାମ ସହିତ ଭାବନାତ୍ମକ ସମ୍ପର୍କ ଯୋଡ଼ି ହୋଇଯାଇଛି । ଯେଉଁ କାରଣରୁ ସେମାନେ ଗାଁ ଛାଡ଼ି କୁଆଡ଼େ ଯାଉନାହାନ୍ତି । ପୂର୍ବେ ଏ ଗ୍ରାମରେ ଜଣେ ମେୟର, ପୂଜାରୀ ଏବଂ ଶିକ୍ଷକ ସମସ୍ତେ ଥିଲେ । ଏକ ପ୍ରାକୃତିକ ଦୁର୍ବିପାକ ଘଟିବାରୁ ଅନେକ ମରିଗଲେ ଏବଂ ଅନେକ ସହରକୁ ଚାଲିଗଲେ, ସେବେଠାରୁ ସେ ଗାଁର ପୂର୍ବ ପରିସ୍ଥିତି ଫେରିନାହିଁ ।

# 'ବବି ଜାସୁସ୍'ର ସିକ୍ୱେଲ କରିବେ ଦୀୟା



ଅଭିନୟରୁ ପ୍ରଯୋଜନାରେ ପ୍ରବେଶ କରିଥିବା ଦୀୟା ମିର୍ଜା ୨୦୧୪ରେ ନିର୍ମାଣ କରିଥିଲେ ଫିଲ୍ମ 'ବବି ଜାସୁସ୍'। ଏହି ଫିଲ୍ମର ଲିଡ୍‌ରେ ରହିଥିଲେ ବିଦ୍ୟା ବାଲାନ୍। ଏହି କମେଡି ଡ୍ରାମା ଫିଲ୍ମଟି ବକ୍ସ ଅଫିସରେ ଭଲ ଆୟ କରିନଥିଲେ ମଧ୍ୟ ଦର୍ଶକଙ୍କ ଭଲ ପାଇବା ମିଳିଥିଲା। ଏବେ ଦୀୟା ଏହାର ସିକ୍ୱେଲ ନିର୍ମାଣ କରିବା ପାଇଁ ଯୋଜନା କରୁଛନ୍ତି ବୋଲି ଶୁଣିବାକୁ ମିଳିଛି। ନିକଟରେ ଏକ କାର୍ଯ୍ୟକ୍ରମରେ ଯୋଗ ଦେବା ସମୟରେ ଦୀୟା ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି, ସାଧାରଣତଃ ପୂର୍ବ ଫିଲ୍ମର ଆୟକୁ ନେଇ ଫିଲ୍ମର ସିକ୍ୱେଲ ନିର୍ମାଣ କରାଯାଇଥାଏ। କିନ୍ତୁ ଆମ ପୂର୍ବ ଫିଲ୍ମ ବକ୍ସ ଅଫିସରେ କମାଲ କରିନଥିଲେ ମଧ୍ୟ ଦର୍ଶକଙ୍କୁ ମନୋରଞ୍ଜନ କରିଥିଲା। ସେଥିପାଇଁ ଏହାର ସିକ୍ୱେଲ ନିର୍ମାଣ କରିବା ନେଇ ମନ ବଳାଇଛୁ। ଦୀୟାଙ୍କ ମୁହଁରୁ ଏହା ଶୁଣିବା ପରେ ଦେଖିବାକୁ ବାକି ରହିଲା କି ଏହାର ସିକ୍ୱେଲ ନିର୍ମାଣ କେବେ ଆରମ୍ଭ ହେଉଛି।

# ଆସିୟୁରେ ହେଲା ବିବାହ

ପୁଣେ ସହରର ଏକ ଡାକ୍ତରଖାନା ଆସିୟୁରେ ବାହାଘର ସମ୍ପନ୍ନ ହେବା ସହରରେ ବଡ଼ ଚର୍ଚ୍ଚାର ବିଷୟ ପାଲଟିଛି। ଭେଣ୍ଟିଲେଟରରେ ମୃତ୍ୟୁ ସହ ସଂଗ୍ରାମ କରୁଥିବା ବାପାଙ୍କ ଶେଷ ଇଚ୍ଛା ପୂରଣ ପାଇଁ ପୁଅ ଏହି ପଦକ୍ଷେପ ନେଇଥିଲେ। ୩୪ବର୍ଷିୟ ଧାନେସ ଏନ୍.ଦେବ ପେଶାରେ ଜଣେ ବ୍ୟବସାୟୀ ହୋଇଥିଲା ବେଳେ ତାଙ୍କ ବାପାଙ୍କର ଇଚ୍ଛା ଥିଲା ଧାନେସ ଏବଂ ସୁବର୍ଣ୍ଣାଙ୍କ ବିବାହ ଦେଖିବେ। ବାହାଘର ପାଇଁ ସମସ୍ତ ପ୍ରସ୍ତୁତି ଚାଲିଥିଲା ବେଳେ ହଠାତ୍ ଅସୁସ୍ଥ ହୋଇପଡିଥିଲେ ଧାନେସଙ୍କ ବାପା ନନ୍ଦ କୁମାର ଦେବ। ତୁରନ୍ତ ନନ୍ଦ କୁମାରଙ୍କୁ ଦିନାନାଥ ମଙ୍ଗେସକର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ହେଲେ ସେଠାରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ଭେଣ୍ଟିଲେଟରରେ ରଖାଯାଇଥିଲା। ବାପାଙ୍କ ସ୍ୱାସ୍ଥ୍ୟବସ୍ଥାକୁ ଦୃଷ୍ଟିରେ ରଖି ଧାନେସ ସୁବର୍ଣ୍ଣାଙ୍କ ପରିବାର ସହ ଡାକ୍ତରଖାନାରେ ବିବାହ କରିବା ସମ୍ପର୍କରେ ଆଲୋଚନା କରିଥିଲେ।



ଦୁଇ ପରିବାରର ସହମତି ପରେ ଏହି ଇଚ୍ଛାକୁ ଡାକ୍ତରଖାନା କର୍ତ୍ତୃପକ୍ଷଙ୍କୁ ଅବଗତ କରାଯାଇଥିଲା। ଆଉ ଏଥିରେ କର୍ତ୍ତୃପକ୍ଷ ମଧ୍ୟ ସହମତି ଦେଇଥିଲେ। ଦୁଇ ପରିବାରର କିଛି ସଦସ୍ୟଙ୍କ ଉପସ୍ଥିତିରେ ଆଇସିୟୁ ଭିତରେ ନନ୍ଦ କୁମାରଙ୍କ ଆଗରେ ଧାନେସ୍ ବରଣମାଳା ପିନ୍ଧାଇଥିଲେ ସୁବର୍ଣ୍ଣାଙ୍କୁ। ବିବାହର ୧୨ଘଣ୍ଟା ପରେ ଆଖି ବୁଜିଥିଲେ ନନ୍ଦ କୁମାର।

## ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙକ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।




# —'ପ୍ରହେଳିକା'—

ଓହୋ ! ଆଜି ଟିକେ ମନଟା ଶାନ୍ତି ପାଇଲା, ମୁଁ ମୋ ସ୍ୱାମୀ କୁମାରଙ୍କ ସହ ଗାଁରୁ ଫେରିଲି, ଘର ଗଳି ମୋଡରୁ ମୁଁ କାର୍ କାଚ ଖୋଲି ବାସ୍ ଚାହିଁ ରହିଥିଲି ମୋ ପାଖ ଫ୍ଲାଟଟିକୁ ଦେଖିବି। ସେଟା ଘର କମ୍, ପାର୍କ ବେଶୀ ଲାଗେ, ସେ ବଗିଚାର ରଙ୍ଗ ବେରଙ୍ଗୀ ଫୁଲ, ଗଛ, ମହ ମହ ବାସୁଥିବା ମଲ୍ଲି, ଚମ୍ପା ଆଦି ଯେମିତି ମତେ ଖତେଇ ହୁଅନ୍ତି। ହେଲେ ଆଜି ଆଠ ଦିନ ପରେ ଗାଁରୁ ଫେରି ନିଜ ଘର ଆଡେ ନଦେଖି ପାଖ ଘରକୁ ତନଖି କରି ଦେଖିଲି, ଫୁଲ ଗଛ ସବୁ ଝାଉଁଳି ପଡିଛି, ଗେଟ୍‌ରୁ ଘର ଯାଏଁ ପଡିଥିବା ଟାଇଲ୍ ସୁଖିଲା ପତ୍ରରେ ଭରା। ମତେ ଭାରି ଶାନ୍ତି ଲାଗିଲା, ମୋ ଚେହେରାର ସ୍ମିତ ହସ ଦେଖି କୁମାର ପଚାରିଲେ କ'ଣ ନିଜ ଘର ଦେଖି ଖୁସି ହଉଛ ? ମୁଁ କିନ୍ତୁ ମୋ ଖୁସିର କାରଣ ଟା କହିଲି ନାହିଁ, କାରଣ ଆଗରୁ ବହୁଥର ସେ ପାଖ ଘର କଥା କହି ମୋ ସ୍ୱାମୀଙ୍କ ଠାରୁ ପ୍ରବଚନ ଶୁଣି ସାରିଛି। ତେଣୁ ଚୁପ୍ ରହିବା ଶ୍ରେୟ ମଣିଲି।

ମୁଁ ମାନସୀ ଭୁବନେଶ୍ୱର ପୁଣି ଶହିଦନଗରରେ ତିନି ମହଲା କୋଠାର ମାଲିକାଣୀ। ମୋ ଘର ଅଗଣାରେ ବି ବହୁତ ଖାଲି ଜାଗା, ଉପର ଘର ଭଡାଟିଆ ରୁହନ୍ତି, ମୋ ପାଖ ଘରଟା ମୁଁ ଘର ତୋଳିବା ଆଗରୁ ଥିଲା। କେହି ଯିବା ଆସିବା କେବେ ଦେଖିନଥିଲି। ମୋର ଏ ଘରେ ରହିବା ପ୍ରାୟ ୧୦ ବର୍ଷ ହେଲାଣି। ପିଲାମାନେ ବଡ ହୋଇ ଯେଝା ସଂସାର ଧରି ବଡ ବମ୍ବେରେ ତ ସାନ ବାଙ୍ଗାଲୋର୍‌ରେ। ମୋ ସ୍ୱାମୀ ରିଟାୟର୍ଡ଼ ପ୍ରଶାସନିକ ଅଧିକାରୀ। ମୋ ଶାଶୁ ଘରେ ବି ମୋରି ରାଜୁତି, କାରଣ କୁମାର ବାପା ମା'ଙ୍କର ଏକମାତ୍ର ପୁଅ । ମୋର କେମିତି ବାହାଘର ହେଲା, କେତେ ଧନ ସମ୍ପତି ମୋ ବାପା ଦେଇଥିଲେ ଏ ସବୁ ମୁଁ ଆମ କାମବାଲି ମାଧମରେ ଆମ ପର ଆଖ ପାଖରେ ପହଂଚାଇ ଦେଇଛି। ତା'ପରେ ଲାଗେ ସମସ୍ତେ ମତେ ଖୁବ୍ ସମ୍ମାନ ଭରା ଚାହାଣୀରେ ଦେଖନ୍ତି। ପାଖ ଘରଟା ବାସ୍ ଗୋଟେ ମହଲା ଘର, ମୋର ସେ ଗଳିର ଦ୍ୱିତୀୟ ଘର, ଉତରା ପବନ ମୋ ଘରକୁ ବେସ୍ ସୁରୁ ଖୁରୁରେ ଆସେ। ହଠାତ୍ ଦିନେ ସକାଳୁ ଗୋଟେ ଟ୍ରକ୍ ଆସି ରହିଲା। ଧୁମ୍ ଧାମ୍ ଶବ୍ଦରେ ଝରକା ବାଟେ ଦେଖିଲି ସେ ପାଖ ଘରେ ଲୋକ ଆସିଛନ୍ତି ରହିବାକୁ। ସନ୍ଧ୍ୟା ଯାଏଁ ଘରେ ଲୋକ ଯିବା ଆସିବା ଲାଗିଥିଲା ସେ ଘରକୁ। ମନେମନେ ସ୍ଥିର କଲି କାଲି ଯାଇ ସେ ଘରେ କିଏ ରହିଲେ, ସବୁ ବୁଝିବି, ମୋ ଘର କାମବାଲି ଟିକେ ଡେରିରେ ଆସେ। ସେ ଆସିଲେ ତାକୁ ପଠେଇ ସେ ଘର ଲୋକ ଭଡାଟିଆ ନା ନିଜେ ମାଲିକ ବୁଝିନେବି, ଏମିତି ଭାବୁ ଭାବୁ ଚା' କରୁଥିଲି, ରୋଷେଇ ଘର ଝରକା ବାଟେ ଦେଖିଲି ସେ ଘର ଗେଟ୍ ଖୋଲି ଗୋଟେ ମଧ୍ୟ ବୟସ୍କା... ନା' ବୋଧେ ତିରିଷ କି ବତିଷ ବର୍ଷର ବେଶ୍ ଡେଙ୍ଗା, ଗୋରା, ସ୍ତ୍ରୀ ଲୋକଟିଏ କାନ୍ଧରେ ଭ୍ୟାନିଟ୍ ବ୍ୟାଗ ପକାଇ ମୋ ଘର ଆଗଦେଇ ଚାଲିଗଲା। ମୋର ଏଡେ ବଡ ସୁନ୍ଦର ଘର ଆଡେ ଟିକେ ଅନେଇଲାନି ମଧ୍ୟ। ଛାଡ କାମବାଲି ଆସୁ, ସବୁ ଖବର ବୁଝିବି। ବେଶ୍ କିଛି ସମୟ ପରେ ଛବି (ମୋ କାମବାଲି) ଆସିଲା, ସେ ଆସୁ ଆସୁ ତାକୁ ପଠେଇଲି ଯା ପାଖ ଘରେ ବୁଝି ଆସିବୁ କିଏ ରହିଲେ, କ'ଣ କରନ୍ତି ଇତ୍ୟାଦି। ସେ ବି ଖୁବ୍ ଆଗ୍ରହରେ ଗୋଟେ ନୂଆ ଘରେ କାମ ପାଇବା ଆଶାରେ ଚାଲିଲା ତାଙ୍କ ଘର ଆଡେ। ହେଲେ ଦୁଇ ମିନିଟ୍‌ରେ ଫେରି ଆସି କହିଲା ମା' ଘରେ ତ ତାଲା ପଡିଛି, ଆଉ ଗେଟ୍‌ରେ ନାମଫଳକ ବି ନାହିଁ ବାସ୍ ଲେଖା ହୋଇଛି "ଶହିଦ୍ ଭବନ"। ଶୁଣୁ ଶୁଣୁ ମୋ ପାଟିରୁ ବାହାରିଲା ଏ କି ନାମ ! ମୋ ଘର ନାମ "ସ୍ୱାତୀ ନିଳୟ", ମୋ ଶାଶୁଙ୍କ ନା। ଆଉ ଏ କି ଲୋକ ଯେ ଏମିତି ଗୋଟେ ଅପଦସିଆ ନାଁ ଦେଇଛନ୍ତି କେଜାଣି। ଦିନସାରା ମୋର ଟିଭି ସିରିଏଲ, ୟୁ ଟ୍ୟୁବ୍‌ରେ କଟିଲା। ଯେମିତି ପାଂଚ ବାଜିଲା ମୁଁ ମୋ ଘର ବାରଣ୍ଡାରେ ଲାଗିଥିବା ଦୋଳାୟମାନ ଚେୟାରରେ ଆସି ବସି ପଡିଲି। ସେ ପାଖ ଘର ମହିଳା ବୋଧେ କର୍ମଜୀବି, ସେ ଫେରିଲେ ନିଶ୍ଚୟ ମୋର ଏ ବିଶାଳ ଅଟାଳିକା ଆଡେ ଚାହିଁବେ, ଆଉ ମୁଁ ମୌକା ଦେଖି ତା ନାଁ -ଗାଁ ସବୁ ବୁଝିନେବି, ସନ୍ଧ୍ୟା ଗଡିଲାଣି ହେଲେ ସେ ମହିଳାର ଦେଖାନାହିଁ। ବାସ୍ ଉଠି ଘର ଆଡେ ମୁହାଁଇଲା ବେଳକୁ ସେ ମୋ ଗେଟ୍ ସିଧାରେ, ମୁଁ ବାସ୍ ତାକୁ ଚାହିଁ ରହିଲି କି ସେ ମୋ ଘର ଆଡେ ଚାହିଁଲେ ମୁଁ ଗୋଟେ ହସ ଦେବି ଯେ, ସେ ବଳେ ଠିଆ ହେଇ ନମସ୍କାର କରି ଆପେ ଆପେ ତା' ପରିଚୟ ଦେଇ ଦେବ। ହୁଏତ ମୋ ଠାରୁ କିଛି ଟିପ୍‌ସ ନେଇ ପାରେ। ହେଲେ ସେମିତି କିଛି ହେଲାନି, ସେ ନିର୍ବିକାର ଭାବେ ତା' ଘର ଭିତରକୁ ଚାଲିଗଲା, ମୁଁ ମନେ ମନେ କହିଲି କି ଗର୍ବି ସ୍ତ୍ରୀ ଲୋକଟା, ହାତରେ ଚୁଡି ନାହିଁ କି ମଥାରେ ସିନ୍ଦୁର ନାହିଁ, ବୋଧେ ଅଭିଆଡିଟେ। ହଉ କାଲି ଛବି ଆସୁ ! ମୁଁ ମୋ ଘର କାମରେ ଲାଗିଲି, ତା' ପରେ ମୋ ଚିରା ଚରିତ ସିରିୟଲ ଦେଖା। କୁମାର କ୍ଲବ ଯାଇଥିଲେ, ଫେରୁ ଫେରୁ କହିଲେ ଦେଖିଲଣି ମାନସୀ ପାଖ ଘର ଆଗରେ ଟ୍ରଲି ରିକ୍ସାରେ କେତେ ଫୁଲ କୁଣ୍ଡ, ଗଛ ଚାରା ! ମୁଁ ବି ଝରକା ପାଖକୁ ଯାଇ ଦେଖିଲି, ସେ ସ୍ତ୍ରୀ ଲୋକଟି ଚୁଡିଦାର କମିଜ୍‌ଟେ ପିନ୍ଧି ଘର ବାରଣ୍ଡାରେ ଠିଆ ହେଇଛି, ତା' ପାଖରେ ହ୍ୱିଲ୍ ଚେୟାରରେ ଜଣେ ବୟସ୍କ ପୁରୁଷ, ମନେ ମନେ ଭାବିଲି ବାପ-ଝିଅ ହେଇଥିବେ, ହେଲେ ଏତେ ଗୁଡେ ଲାଇଟ୍ କ'ଣ ଲଗେଇଛନ୍ତି ପୁରା ରାସ୍ତା ଯାଏଁ ଆଲୁଅ ପଡୁଛି ! ମୁଁ ତ ପୁରା ଏ ମାମଲାରେ ସିରିୟସ୍। ଯେତିକି କମ୍ ଲାଇଟ୍-ଫ୍ୟାନ ଓ ଟେମ୍ପରେଚର ୪୦ ଡିଗ୍ରୀ ନ ଟପିବା ଯାଏଁ ଏସି ବି ଲଗାଏନି। ସେମିତି ତାଗିଦ୍ ବି ଭଡାଟିଆଙ୍କୁ କରିଛି। ନା' ଲାଇଟ୍ ବାବଦରେ ନୁହେଁ, ସେମାନେ ବିଲ୍ ଦଉଛନ୍ତି, ଜାଳନ୍ତୁ କେତେ ଜାଳିବେ। ପାଣି କିନ୍ତୁ ଦେଖି ଚାହିଁ ଖର୍ଚ୍ଚ କରିବେ କାରଣ ପାଣିଟା ମାଗଣା ଦେବା ଲାଗି ଚୁକ୍ତି କରିଛି ପରା। ହେଲେ ଏ ପାଖ ଘର "ଶହିଦ୍ ଭବନ" ବାଲା କ'ଣ ପାଗଳ କି? ଏତେ ଲାଇଟ୍, ପୁଣି ଏତେ ଗଛ ଯଦି ଲଗେଇବେ କେତେ ପାଣି ସାରିବେ, ହଉ ତାଙ୍କର ବିଲ୍ ଉଠିବ ମୋର କ'ଣ ଅଛି। ମୁହଁକୁ ବୁଲେଇ ରାତି ଖାଇବା ଲାଗି ବସିଲୁ। କୁମାର ଥଟ୍ଟା କରି କହିଲେ କ'ଣ ପାଖ ଘର ଲୋକେ ତମ ପ୍ରତିପତି ଜାଣିଲେଣି ନା ନାହିଁ? ମୁଁ ବିରକ୍ତ ହେଇ ଚୁପ୍ ହିଁ ରହିଲି। ଏମିତି ତା' ପରଦିନ ଛବିକୁ ପଠାଇଲି, ସେ ଘର ବିଷୟରେ ବିସ୍ତୃତ ବିବରଣୀ ଆଣିବା ସହ ମୋ ବିଷୟରେ ଟିକେ କହିବ ବୋଲି। ସେ ବେଶ୍ ଅଧ ଘଂଟା ପରେ ଫେରିଲା, ହସ ହସ ମୁହଁରେ କହିଲା ମା' ସେ ଘର ଦିଦି ବହୁତ ଭଲ। ମତେ ଚୌକିରେ ବସିବାକୁ ଦେଲେ, କଫି ବି ଦେଲେ। କାମ କଥା ମନା କଲେ କିନ୍ତୁ କହିଲେ ବଗିଚା କାମରେ ଟିକେ ସାହାଯ୍ୟ କରିବ କି? ମୁଁ ହଁ କହିଲି, ତାଙ୍କ ବାପାଙ୍କ ଆଡେ ଚାହିଁ ପଚାରିଲେ ବାପା ଦିନ ସାରା ଘରେ ଏକଲା ଲାଗୁଛି କି ଏଠି? କହିବେ ତ ମୁଁ ଛବି ଭଉଣୀକୁ କହି କାହାକୁ ଘରେ ସନ୍ଧ୍ୟା ଯାଏଁ ରଖିଦେବା। ବାପା ତାଙ୍କର ବି କେତେ ଭଲ, କହିଲେ ନା' ମା ତୁ ତ ସବୁ ହାତ ପାଖେ ଖଞ୍ଜି ଦେଇ ଯାଉଛୁ। ଏ ଝିଅଟି ବାସ୍ ବଗିଚା ଟିକୁ ରଙ୍ଗରେ ଭରିବାରେ ସାହାଯ୍ୟ କଲେ ବହୁତ। ମୁଁ ଅଧାରୁ ତାକୁ ଚୁପ୍ କରେଇ ଟିକେ ରୁକ୍ଷ ଗଳାରେ କହିଲି, ହେ କହ ତା' ନାଁ କ'ଣ? ବାହା ହେଇଛି କି ନା, କି ଚାକିରୀ... ଆଉ ମୋ ବିଷୟରେ କହିଲୁ କି ନାହିଁ। ଛବିର ହସ ବନ୍ଦ ହେଇଗଲା, କହିଲା ମା' ସେ ଦିଦିର କଥା ଏତେ ସୁନ୍ଦର ଯେ, ମୁଁ ସବୁ ଭୁଲିଗଲି, ହଉ କାଲି ସନ୍ଧ୍ୟା ୫ଟାରେ ତାଙ୍କ ସହ ବଗିଚା କାମ କଲାବେଳେ ବୁଝିନେବି। ବେସ୍ ଛଅଟା ମାସରେ ସେ ବଗିଚା ଗୋଟେ ପାର୍କ ହେଇସାରିଥିଲା। ତା'ର ଖାଲି ନା'ଟି ଛବି ବୁଝିଥିଲା "ସୁଜାତା" ବାକି ସେ କୁଆଡେ କଥା ବେଶି ହୁଏନି। ଛଅ ମାସରେ ବହୁ ଚେଷ୍ଟା ସତ୍ତ୍ୱେ ସୁଜାତା ଥରେ ବି କଥା ହେଲାନି, ବାସ୍ ତାକୁ ଘରୁ ୯.୩୦ରେ ଯିବା ଓ ୫ ଟାରେ ଫେରି ସନ୍ଧ୍ୟା ୭ଟା ଯାଏଁ ବଗିଚାରେ ଦେଖେ। ରବିବାର ତ ସେ ବାପ-ଝିଅ ଦିନ ସାରା ବଗିଚା କାମରେ ଲାଗିପଡନ୍ତି। ବସନ୍ତ ଋତୁ କ'ଣ ବୋଧେ ମୁଁ ପ୍ରଥମ ଥର ଅନୁଭବ କଲି। ଛାତ ଉପରୁ ତା ବଗିଚାକୁ ଦେଖେ, କେତେ ଫୁଲ, କେତେ ରଙ୍ଗ ବେରଙ୍ଗ ଗଛ। ବାସ୍ନା ବି ଏମିତି ଖେଳେଇ ହେଇଯାଏ କି ମୋ ତିନି ମହଲା ଛାତ ଯାଏଁ ପହଚେଂ। ସେତେବେଳେ ମୁଁ ମୋ ବଗିଚାକୁ ଦେଖେ ୪ ଟା ନଡିଆ ଗଛ। ଆଉ ତା ବଗିଚାରେ ମହ ମହ ବାସ୍ନା ଓ ମୋ ଭଡାଟିଆଠାରୁ ସ୍ୱାମୀ ପର୍ଯ୍ୟନ୍ତ ତା'ର ବଗିଚାର ପ୍ରଶଂସା ମତେ ଯେମିତି କଂଟା ଫୋଡିଲା ଭଳି ଲାଗୁଥିଲା। ମନେ ମନେ କହୁଥିଲି ସୁଜାତା ନା' ରହସ୍ୟମୟୀ। ଏମିତି ଦିନେ ଅଦିନିଆ ଝଡ ବର୍ଷା ହେଲା, ମୁଁ ପବନ ଦେଖି ଖୁସିରେ ଠାକୁରଙ୍କୁ ଧନ୍ୟବାଦ ଦେଲି, ଏଥର ତା ବଗିଚା ଗଲା, ପ୍ରଭୁ ମୋ କଥା ଶୁଣିଲେ। ବଡ ଆନନ୍ଦରେ ରାତି ପାହିବା ଅପେକ୍ଷାରେ ବହୁତ ଡେରିରେ ଶୋଇଲି। ସକାଳୁ ବି ଟିକେ ଡେରି ହେଲା ଉଠିବାରେ । ଉଠି ଦେଖିଲି ମୋ ସ୍ୱାମୀ ବାରଣ୍ଡାରେ କାହାକୁ ଫୋନ୍‌ରେ ଅନୁରୋଧ କରୁଛନ୍ତି, ଯେମିତି ହଉ ୨ଟା ମୁଲିଆ ଦରକାର। ଗଛ ପଡି ରାସ୍ତା ଅବରୋଧ। ମୁଁ ଭିତରୁ ହିଁ ବଡ ପାଟିରେ କହିଲି ତମର ଏତେ କାହା ଲାଗି ଦରଦ ଦେଖେଇବା ଦରକାର ନାହିଁ, ସେ ପାର୍କ କରି ମତେ ଖତେଇ ହେଉଥିଲା, ଏବେ ନିଜେ ଭୋଗୁ। କୁମାର ରାଗି ଉଠି ଫୋନ୍ କାଟି, ମୋ ହାତଧରି ବାରଣ୍ଡାକୁ ଟାଣି ନେଲେ କହିଲେ ଦେଖ....ମୁଁ ତାଟକା ମୋ ଅଗଣାର ନଡିଆ ଗଛରୁ ୨ଟା ମୂଳରୁ ଉପୁଡି ଏମିତି ପଡିଛି ଯେ ଗେଟ୍ ଖୋଲିବା ବି ଅସମ୍ଭବ। ତଥାପି ମୁଁ ଗୋଡ ଟେକି ସେ ଶହିଦ ଭବନ ଆଡେ ଚାହିଁଲି, ଆରେ ଏ କ'ଣ ସେ ସୁଜାତା ଓ ଛବି ଗଡି ପଡିଥିବା କୁଣ୍ଡ ଗୁଡା ସଜାଡୁଛନ୍ତି, ଆଉ ବାକି ରକମ୍ ରକମ୍ ଫୁଲ ଗଛ ସେମିତି ମତେ ଚାହିଁ ଖତେଇ ହଉଛନ୍ତି। ମନ ମାରି ରହିଲି, ଭଡାଟିଆ ମାନେ ବି ଗୋଟେ ଗୋଟେ କରି ସିଆଡେ ଢ଼ଳିଲେଣି, କିନ୍ତୁ ମୁଁ ତ ସଂଭ୍ରାନ୍ତ ଘରର, ପୁଣି ମୋ ସ୍ୱାମୀ ପ୍ରଶାସନିକ ଅଧିକାରୀ ଥିଲେ ମୁଁ ବା କାହିଁକି ମୋ ଆଡୁ ଯିବି ! ସେ ଆସୁନି। ବାସ୍ ଏତିକି କନଫର୍ମ ହେଇଥିଲି ସେ ଭଡାଟିଆ ନୁହେଁ, ସେ ବୁଢ଼ା ଘର ମାଲିକ। ବୁଢ଼ା ତ ହ୍ୱିଲ୍ ଚେୟାରରେ ସେଥିଲାଗି ବଢ଼ିଲା ଝିଅକୁ ବୋଧେ ବାହା ନ ଦେଇ ଘରେ ରଖିଛି।

ଦିନେ ସାହସ କରି ପାଚେରି ଏପଟୁ ପାଟି କରି କହିଲି, ଆଜ୍ଞା ମୋ ପାଚେରି ଆଡେ ଆପଣଙ୍କ ଫୁଲ ଲଟା ମାଡୁଛି, ତାକୁ ନିଜ ପଟେ ରଖ, ନ ହେଲେ ଲୁଣ ପାଣି ଢାଳିଦେବି, ସେ କିଛି କହିଲାନି ବାସ୍ ଚାହିଁଲା ଆଉ କହିଲା ହଉ ଆଜ୍ଞା ମୁଁ କାଢ଼ିଦେବି, ସେମାନେ ତ ଗଛ, ସେ ବା କ'ଣ ଜାଣନ୍ତି ବନ୍ଧ ବାଡ ! ହଉ କ୍ଷମା କରିବେ। ତା' ପରେ ଆଉ ସେ କେବେ ନା କଥା ହେଇଥିଲା, ନା ମତେ ମୌକା ଦେଲା କିଛି କହିବାକୁ। ମୋର ମୋ ସ୍ୱାମୀଙ୍କ ସହ ଗାଁକୁ ଯିବାର ଥିଲା, ତ ଛବିକୁ ୧୦ ଦିନ କାମକୁ ନ ଆସିବାକୁ କହି, ଫେରିଲେ ତୋ ଲାଗି ଶାଢ଼ି ଆଣିବି କହିଲି, ସେ ବି ଭାରି ମୁହଁ ଖୋର୍ ସଙ୍ଗେ ସଙ୍ଗେ କହିଲା ନା ମା ଥାଉ, ସୁଜାତା ଦିଦି ଏବେ ୪ ଖଣ୍ଡ ଭଲ ଲୁଗା ଦେଇଛନ୍ତି, ତାକୁ ମୁଁ ବାହା-ବଜାର ଗଲେ ପିନ୍ଧୁଛି। ଆପଣ ଯେଉଁ ଲୁଗା ଦିଅନ୍ତି ସେ ଗୁଡା ବେଶିଦିନ ଘରେ ବି ପିନ୍ଧି ହୁଏନି। ମୁଁ ନିଜକୁ ହାରିବା ଦେଖି ପାରିବିନି, ତ ଛବିକୁ ଧମକଟେ ଦେଲି ଏତେ ଭଲ ସେ ଦିଦି ତ ମୋ ଘର ଓ ମୋ ଭଡାଟିଆଙ୍କ ଘର କାମ ଛାଡି ଦଉନୁ। ସେ ଗୋଡ କଚି ରୋଷେଇ ଘରକୁ ଚାଲିଗଲା। ସକାଳୁ ଆମେ ଦମ୍ପତି ବାହାରେ ବସି ଚାହା ପିଉ। ହେଲେ ଏ ତିନି ମାସରେ ସେ ଶହିଦ ଭବନ ରୁ ଭାସି ଆସୁଥିବା ରକମ-ରକମ ଫୁଲର ବାସ୍ନା ମତେ ଭାରି ଅଣନିଶ୍ୱାସୀ କରି ପକାଉଛି। ଥରେ ଥରେ ତ ତାଙ୍କ ପାଚେରୀ ପାରି ହେଇ ବାଇଗଣୀ ଅପରାଜିତା ଲତା ମୋ ଆଡେ ମାଡି ଆସନ୍ତି ତ ମୁଁ ସିଧା କଇଁଚି ଧରି କାଟି ସେ ଲତା ସବୁ ତାଙ୍କ ପଟକୁ ଫିଙ୍ଗିଦିଏ। ମୁଁ ବାସ୍ ଏସବୁ କରେ କି ସେ ସୁଜାତା ମୋତେ କିଛି କହୁ ଆଉ ମୁଁ ବିଜୟୀ ହେବାର ସ୍ୱାଦଟା ଚାଖେ। ହେଲେ ସେ ଆଉ ତାର ସେ ବୁଢ଼ା ବାପା କିଛି କୁହନ୍ତିନି ବରଂ ହାତ ଯୋଡି ଗଛକୁ କ୍ଷମା ମାଗନ୍ତି, ଗଛ ସହ କଥା ହୁଅନ୍ତି ସତେ କି ତାଙ୍କ ଛୁଆ। ମୋର ଶାଶୁଙ୍କ ଶ୍ରାଦ୍ଧ ଲାଗି ଜାନୁଆରୀ ଶେଷରେ ଗାଁକୁ ଯିବାଟା ଦଶ ବର୍ଷର ଗୋଟେ ରୁଟିନ୍। ଜାନୁଆରୀ ଶେଷ ଶେଷ ଆଉ ତାଙ୍କ ବଗିଚା ଥଣ୍ଡା ପାଗରେ ବେଶ୍ ଫୁଲ ମୟ।

ହେଲେ ଆଜି ୧୦ ଦିନ ପରେ ଫେରି ତା' ବଗିଚା ଅବସ୍ଥା ଦେଖି ବେଶ୍ ଖୁସି ହେଲି। ସନ୍ଧ୍ୟା ଟା ଦେଇସାରି ଛବିକୁ ଫୋନ୍ କଲି ସେ ତୋ ସୁଜାତା ଦିଦି କୁଆଡେ ଗଲେ କି? ଆଉ ତୁ କ'ଣ ତା' ବଗିଚା ଦେଖା ଶୁଣା କରୁନୁ କି? ସେ ବହୁ କଷ୍ଟରେ କହିଲା ମା' ମୋ ଦେହ ବହୁତ ଖରାପ, ସୁଜାତା ଦିଦି ଆଉ ତାଙ୍କ ବାପା ଦିଲ୍ଲୀ ଯାଇଛନ୍ତି ବୋଲି କହିଥିଲେ। ମୁଁ ତା କଥା ଅଧାରେ, ରଖି କହିଲି ହଁ ଦିଲ୍ଲୀ ପ୍ରଧାନ ମନ୍ତ୍ରୀ ଡାକିଥିବେ ତାକୁ ଏମିତି ପାର୍କଟେ କରିଛି ବୋଲି ! ହୁଁ ଗାଁକୁ ଯାଇଥିବ, ଲାଜ ଲାଗିବ ବୋଲି ଦିଲ୍ଲୀ କହିଛି, ହଉଛାଡ ତୁ କାଲିଠାରୁ ଆସିଯିବୁ ମୁଁ ଫେରି ଆସିଲିଣି।

ହଠାତ୍ ମୋ ସ୍ୱାମୀ ପାଟି କରି ଡାକିଲେ ଏ ମାନସୀ ଜଲଦି ଆସ, ନିଉଜ ଦେଖ..... ଦେଖ.....ମୁଁ ଅନିଚ୍ଛାରେ ଗଲି, ନିୟୁଜ୍‌ର ଭଲ୍ୟୁମଟା ବଢ଼ାଇ ଦେଲେ ସେ। ଆରେ ଏ କ'ଣ ରାଷ୍ଟ୍ରପତି ଭବନର କ'ଣ ଗୋଟେ ପ୍ରୋଗ୍ରାମ, ଏଁ ଆଗ ଧାଡିରେ କ'ଣ ସେ ସୁଜାତାର ବୁଢ଼ା ବାପା ହ୍ୱିଲ୍ ଚେୟାରରେ ! ମୁଁ ଲଥ୍ କିନା ବସିଗଲି, କାନରେ ଠାଏ ଠାଏ ବାଜୁଥାଏ ଓଡିଶା ମାଟି ଗର୍ବିତ ମେଜର ମନୋଜ ମହାନ୍ତିଙ୍କୁ ପାଇ। ଦେଶ ଲାଗି ଲଢ଼ି ସେ ବମ୍ବେଠାରେ ହୋଇଥିବା ସନ୍ତ୍ରାସବାଦୀଙ୍କ ଗୁଳିମାଡରେ ଟଳିପଡିଲେ, ବାପ-ମାଙ୍କ ଏକମାତ୍ର ପୁଅ, ବାସ୍ ତିନି ମାସର ବୈବାହିକ ଜୀବନ, ସବୁ ପଛରେ ପକାଇ ମେଜର ମନୋଜ ଦେଶ ଲାଗି ଶହିଦ୍ ହୋଇଗଲେ, ଯାହାଙ୍କ ତ୍ୟାଗ ଯୋଗୁ ବମ୍ବେର ଅନେକ ବଡ ବଡ ଧ୍ୱଂସ ହେବାରୁ ରକ୍ଷା ପାଇଗଲା, ତାଙ୍କର ଧର୍ମପତ୍ନୀ ସୁଜାତା ମହାନ୍ତିଙ୍କୁ ରାଷ୍ଟ୍ରପତି ତାଙ୍କ ସ୍ୱାମୀଙ୍କ ପରମବୀର ଚକ୍ର ପ୍ରଦାନ କରୁଛନ୍ତି। ମୋ ଆଖିରୁ ଲୁହ ଝରିବାକୁ ଲାଗିଲା, ସୁଜାତା ମଠା ଶାଢ଼ୀ ସେମିତି ଠାକୁରାଣୀ ପରି ଚେହେରା, ନିର୍ବିକାର ନା ହସ ନା କାନ୍ଦ ରାଷ୍ଟ୍ରପତିଙ୍କଠାରୁ ସ୍ୱାମୀଙ୍କ ଲାଗି ଏତେବଡ ପୁରସ୍କାର ଗ୍ରହଣ କରୁଥିଲା, ଟିଭି ବାଲା ବି ଜୁମ୍ କରି ତା' ମୁହଁ ଆଡେ କ୍ୟାମେରା ଟା କରିଦେଲେ, ତା' ଆଖି ଯେମିତି ମୋ ଆଖିରେ ମିଶି ଯାଉଥାଏ, ଯେମିତି ଏ ଆଖି ମୋତେ ଅନେକ ପ୍ରଶ୍ନ ପଚାରୁଛି, ମୁଁ ଭୋ ଭୋ କି କାନ୍ଦିବାକୁ ଲାଗିଲି, ମୋ ସ୍ୱାମୀ ହତବାକ୍ ହେଇ ପଚାରୁଥିଲେ କ'ଣ ହେଲା ମାନସୀ? ମୁଁ ସେମିତି କାନ୍ଦି କାନ୍ଦି କହୁଥିଲି ଆମ ନାତି ଯେଉଁ ସ୍କୁଲରେ ପଢୁଛି, ସେ ସ୍କୁଲକୁ ସନ୍ତ୍ରାସବାଦୀଙ୍କ କବଳରୁ ଏଇ ମେଜର ମନୋଜ ହିଁ ରକ୍ଷା କରିଥିଲେ। ସେ ମରି ମୋ ନାତି ପରି କେତେ ଛୁଆଙ୍କୁ ଜୀବନ ଦେଲେ। ଧିକ୍ ମୋ ଜୀବନ, ମାତ୍ର ତିନିମାସର ବିବାହିତା ଗୋଟେ ଶହିଦ୍‌ର ବିଧବା ଆଉ ଶ୍ୱଶୁରଙ୍କ ଦାୟିତ୍ୱ ନେଇ ବାସ୍ ନିଜ ଗଛ ଲତାକୁ ନିଜ ଛୁଆ ଭଳି ସ୍ନେହ ବାଢୁଛି, ବାସ୍ ନିଜ ଭିତର ଦୁଃଖକୁ ରଙ୍ଗ ବେରଙ୍ଗ ଫୁଲ ବଗିଚାରେ ଭରି ସେ ତା ଜୀବନର ବେରଙ୍ଗତାକୁ ଲୁଚାଇ ଚାଲିଥିଲା ଆଉ ମୁଁ କେତେ ନିଚ କଥା ସବୁ ଛି....ଛି.....

ବାସ୍ ସକାଳୁ ଉଠି ଆଉ ଚା ନ କରି ମୋ ସ୍ୱାମୀଙ୍କୁ ଡାକିଲି ଆସ, ସେ ପଚାରିଲେ କୁଆଡେ? ଶହିଦ୍ ଭବନକୁ ସେ ନ ଫେରିବା ଯାଏଁ, ଆମ ପାଣି ପାଇପ୍‌ଟା ପାଚେରୀ ପାରକରି ବଗିଚାକୁ ଜୀବନ ଦେବା। ମୋ ସ୍ୱାମୀ ତାଟକା... ତଥାପି ଚାଲିଲେ। ମୁଁ ଗଛଗୁଡିକୁ ପାଣି ଦେବାରେ ଲାଗିଲି, ମନେମନେ କହୁଥିଲି ଏ ଶହିଦ୍ ଭବନରେ ଆଉ ଗୋଟେ ଲତାକୁ ବି ମରିବାକୁ ଦେବିନି, ସେତିକି ବେଳେ ଛବି ଆସିଲା, ଆରେ ମା' ଏ କ'ଣ ଆପଣ ଠିକ୍ ଅଛନ୍ତି ତ? ତାକୁ କହିଲି ହଁ ଏବେ ଠିକ୍ ଅଛି, ଆଗରୁ ସେ ପ୍ରହେଳିକା କାଲି ମୋ ଆଖିରୁ ଲୁହ ହେଇ ବୋହି ଯାଇଛି, ଆ' ତୁ ବି ଲାଗିପଡ, ଘର କାମ ପରେ ହବ। ଏ ଶହିଦ୍ ଭବନ ସବୁ ବେଳେ ଫୁଲ, ପତ୍ର, ରଙ୍ଗ, ବାସ୍ନାରେ ଭରି ରଖିବା ଦାୟିତ୍ୱ ଆମର.......

—ଅନାମିକା ଦାସ
*ପ୍ରଶାସନିକ ଅଧିକାରୀ, ଭାରତ ସ୍କାଉଟସ୍ ଏବଂ ଗାଇଡସ୍, ଭୁବନେଶ୍ୱର, ଓଡିଶା,*
*ମୋ-୭୦୦୮୩୯୬୬୫୪, Mail ID: anamikaorissa91@gmail.com*

# ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥର ଶୁଭାରମ୍ଭ



ବାଲେଶ୍ୱର (ପିଏନ୍)- ଶିଶୁ ଶ୍ରମ ନିରାକରଣ, ଶିଶୁମାନଙ୍କ ଅଧିକାର ଏବଂ ବେଆଇନ ଭାବେ ଶିଶୁଙ୍କୁ କାର୍ଯ୍ୟରେ ନିୟୋଜନ ପାଇଁ ଆଇନରେ ରହିଥିବା ଦଣ୍ଡ ବ୍ୟବସ୍ଥା ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ଏକ "ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥ" ଆଜି ପୂର୍ବାହ୍ନରେ ସ୍ଥାନୀୟ ପ୍ରଭାଗୀୟ ଶ୍ରମ ଆୟୁକ୍ତଙ୍କ କାର୍ଯ୍ୟାଳୟରୁ ଯାତ୍ରା ଆରମ୍ଭ କରିଛି । ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତ୍ତୀ ପତାକା ଦେଖାଇ ଏହାର ଶୁଭାରମ୍ଭ କରିଛନ୍ତି । ଓଡିଶା ସରକାରଙ୍କ ଶ୍ରମ ଓ ରାଜ୍ୟ କର୍ମଚାରୀ ବିଭାଗ, ବାଲେଶ୍ୱର ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ଶ୍ରମ ବିଭାଗର ମିଳିତ ଆନୁକୂଲ୍ୟରେ ଶିଶୁ ଶ୍ରମିକ ଉଚ୍ଛେଦ ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିବା ବେଳେ ଏହି ରଥ ଜିଲ୍ଲାର ବିଭିନ୍ନ ସହରାଂଚଳ ଓ ବ୍ଲକ ଗସ୍ତ କରି ଲୋକମାନଙ୍କୁ ଶିଶୁ ଶ୍ରମିକ ନିରାକରଣ ସମ୍ପର୍କରେ ସଚେତନ କରିବ । ୧୪ ବର୍ଷ ପୂର୍ଣ୍ଣ କରି ନ ଥିବା ଶିଶୁଙ୍କୁ କୌଣସି ପ୍ରକାର ବୃତି ଏବଂ ପ୍ରକ୍ରିୟାରେ ତଥା ୧୫ ବର୍ଷରୁ ୧୮ ବର୍ଷ ବୟସର କିଶୋରଙ୍କୁ ବିପଦସଙ୍କୁଳ ବୃତି ଓ ପ୍ରକ୍ରିୟାରେ ନିୟୋଜନ କରିବା ଏକ ଧର୍ତବ୍ୟ ଅପରାଧ ହୋଇଥିବା ବେଳେ ଏପରି ନିୟୋଜନ କରିଥିବା ବ୍ୟକ୍ତିଙ୍କୁ ୫୦ହଜାର ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସହ କାରାଦଣ୍ଡ ପାଇଁ ଆଇନରେ ବ୍ୟବସ୍ଥା ରହିଛି । କିଛି ଦିନର ସଚେତନତା କାର୍ଯ୍ୟକ୍ରମ ପରେ ଜିଲ୍ଲା ଶ୍ରମ ବିଭାଗ ପକ୍ଷରୁ ବିଭିନ୍ନ ବ୍ୟବସାୟିକ ପ୍ରତିଷ୍ଠାନ, କାର୍ଯ୍ୟାଳୟ ଏବଂ ଅନ୍ୟାନ୍ୟ ଅଂଚଳରେ ଚଢଉ ଆରମ୍ଭ କରାଯାଇ ଜିଲ୍ଲାରେ ଶିଶୁ ଶ୍ରମିକଙ୍କ ବାସ୍ତବିକ୍ ସ୍ଥିତିର ଆକଳନ କରାଯିବା ସହିତ ଆଇନ ଉଲ୍ଲଙ୍ଘନ କ୍ଷେତ୍ରରେ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରଭାଗୀୟ ଶ୍ରମ ଆୟୁକ୍ତ ଶ୍ରୀ ଅଜୟ କୁମାର ପ୍ରଧାନ ସୂଚନା ଦେଇଛନ୍ତି । ଏହି ଅବସରରେ ଆମ ଜିଲ୍ଲା ତଥା ରାଜ୍ୟକୁ ଶିଶୁ ଶ୍ରମ ମୁକ୍ତ କରିବା ପାଇଁ ଜିଲ୍ଲାପାଳ ଶ୍ରୀ ଚକ୍ରବର୍ତ୍ତୀ ସମସ୍ତଙ୍କ ସହଯୋଗ କାମନା କରିଥିବା ବେଳେ ଜିଲ୍ଲା ଶ୍ରମ ଅଧିକାରୀ ଶ୍ରୀ ବୃନ୍ଦାବନ ସେଠୀ, ଜିଲ୍ଲା ଶିଶୁ ମଙ୍ଗଳ କମିଟିର ସଦସ୍ୟ, ବିଭିନ୍ନ ଅନୁଷ୍ଠାନର କର୍ମକର୍ତାମାନଙ୍କ ସମେତ ଅନ୍ୟ ବିଭାଗୀୟ ଅଧିକାରୀମାନେ ଆଜିର କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

# ୫-ଟି ଯୋଜନାରେ ବଦଳୁଛି ସ୍କୁଲର ନକ୍ସା, ସୁଦୃଢ ହେଉଛି ଶିକ୍ଷା ବ୍ୟବସ୍ଥା



ଧର୍ମଶାଳା (ପିଏନ୍): ବିଦ୍ୟାଳୟଗୁଡିକର ଭିତିଭୂମିକୁ ସୁଦୃଢ଼ କରିବା ସହିତ ଛାତ୍ରଛାତ୍ରୀମାନଙ୍କ ପାଇଁ ଶୈକ୍ଷିକ ବାତାବରଣ ସୃଷ୍ଟି କରିବା ଲକ୍ଷ୍ୟରେ ରାଜ୍ୟ ସରକାର ୫-ଟି ମାଧ୍ୟମରେ ସବୁ ପ୍ରକାର ବ୍ୟବସ୍ଥା କରୁଛନ୍ତି। ଏହି ୫-ଟି ମାଧ୍ୟମରେ ରୁପାନ୍ତରିତ ସ୍ମାର୍ଟ କ୍ଲାସ ରୁମରେ ବସି ପାଠ ପଢ଼ିବା ସହିତ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରୁଛନ୍ତି ଛାତ୍ରଛାତ୍ରୀ। ଧର୍ମଶାଳା ବ୍ଲକରେ ପ୍ରଥମ ପର୍ଯ୍ୟାୟରେ ୬ଟି ହାଇସ୍କୁଲ ରୂପାନ୍ତରଣ ହୋଇଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ଆଉ ୨୫ଗୋଟି ବିଦ୍ୟାଳୟର ରୂପାନ୍ତରଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଂଚିଛି। ଚକାଚକ୍ କ୍ଲାସ ରୁମ। ରୂପାନ୍ତରିକରଣ ପରେ ବଦଳୁଛି କ୍ଲାସ ରୁମର ନକ୍ସା। ଛାତ୍ରଛାତ୍ରୀମାନଙ୍କ ପଢିବା ପାଇଁ ସୁନ୍ଦର ବେଂଚ୍ ଓ ଡେକ୍ସର ବ୍ୟବସ୍ଥା ସହ ଅତ୍ୟାଧୁନିକ ଜ୍ଞାନ କୌଶଳର ବିନିଯୋଗ ହୋଇଛି। ଏହି ଯୋଜନାରେ ଧର୍ମଶାଳା ବ୍ଲକ ଜାରକା ପଂଚାୟତର ଅମରେଶ୍ୱରୀ ଉଚ୍ଚ ବିଦ୍ୟାଳୟ ସୁନ୍ଦର ପରିବେଶ ସାଙ୍ଗକୁ ଶିକ୍ଷା ପ୍ରତି ପିଲାମାନଙ୍କୁ ଆକୃଷ୍ଟ କଲା ଭଳି ବ୍ୟବସ୍ଥାକରାଯାଇଛି । ଏଠାରେ ଗୁଣାତ୍ମକ ଶିକ୍ଷାର ମାନ ବୃଦ୍ଧି ପାଇଁ ସ୍ମାର୍ଟ କ୍ଲାସ ରୁମ, ଇ-ଲାଇବ୍ରେରୀ, ଅତ୍ୟାଧୁନିକ ଲ୍ୟାବ, କମ୍ପ୍ୟୁଟର ହଲର ବ୍ୟବସ୍ଥା ହୋଇଛି। ଡିଜିଟାଲ ବୋର୍ଡରେ ପାଠପଢି ସ୍ମାର୍ଟ ହେଉଛନ୍ତି ଛାତ୍ରଛାତ୍ରୀ। ନୂଆ ରୂପରେ ହାଇସ୍କୁଲ ଝଲସୁଥିବା ବେଳେ କ୍ଲାସ ରୁମରେ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରିଛନ୍ତି ଛାତ୍ରଛାତ୍ରୀ। ରାଜ୍ୟ ସରକାରଙ୍କ ଏଭଳି ଶିକ୍ଷା ବ୍ୟବସ୍ଥାକୁ ପ୍ରଶଂସା କରୁଛନ୍ତି ଅଧ୍ୟୟନରତ ଛାତ୍ରଛାତ୍ରୀ, ସ୍କୁଲର ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଅଭିଭାବକ। ବିଦ୍ୟାଳୟରେ କେବଳ ପାଠପଢା ନୁହେଁ ଏହି ବ୍ୟବସ୍ଥାରେ ଆନୁସଙ୍ଗିକ ଉପକରଣ ସହ ଶାରିରୀକ ଶିକ୍ଷା ପ୍ରତି ମଧ୍ୟ ଧ୍ୟାନ ଦିଆଯାଉଛି। ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ବିଭିନ୍ନ ସ୍କୁଲର ରୂପାନ୍ତରଣ କାର୍ଯ୍ୟ ବୁଲି ଦେଖିବା ସହିତ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିଛନ୍ତି।

# ମହିଳାମାନଙ୍କ ରୋଜଗାରର ମାଧ୍ୟମ ସାଜିଛି ଧୂପକାଠି

ଖୋର୍ଦ୍ଧା (ପିଏନ)- ବୋଲଗଡ ବ୍ଲକ ଗେଡିଆପଲ୍ଲୀ ପଂଚାୟତ ଅନ୍ତର୍ଗତ ସାଲତରା ଗ୍ରାମରେ ୨୦୧୮ ମସିହାରୁ ଯାଜ୍ଞସେନୀ ପ୍ରଡ୍ୟୁସର ମହିଳା ଗ୍ରୁପ ଓରମାସ ସହଯୋଗରେ ଭଡାଘରେ ଧୂପକାଠି ତିଆରି କରି ମହିଳାଙ୍କୁ ଆତ୍ମନିର୍ଭରଶୀଳ କରି ପାରିଛି । ଯାହାକି ୬ ଟି ମେସିନରେ ୩୦ ଜଣ ମହିଳା ସିଫ୍ଟ ଅନୁଯାଇ ଦିନକୁ ୩ କ୍ୱିଂଟାଲ ଧୂପକାଠି ବାହାର କରି ଖରାରେ ଶୁଖାଇ ଝୁଣା, ଗୁଗୁଳ, କସ୍ତୁରୀ ଓ ଚନ୍ଦନ ବତୀ କରି ବିଭିନ୍ନ ଓଜନର ପ୍ୟାକେଟ ପ୍ରସ୍ତୁତ କରିଥାନ୍ତି। ଏହା ଅଧକିଲୋ ପ୍ୟାକେଟରେ



୫ଶହ ଧୂପକାଠିକୁ ୧ ଶହ ଟଙ୍କାରେ ବିକ୍ରୀ କରିଥା'ନ୍ତି। ଏହି ବତୀଗୁଡିକ ନିର୍ମାଣରେ ବ୍ୟବହୃତ ହେଉଥିବା କଂଚାମାଲ ଯଥା: ବାଉଁଶକାଠି,କୋଇଲା ଗୁଣ୍ଡ (ଚାର୍ପୁଲ) ଓ ଉଡ ପାଉଡର ଦି ଗ୍ରେଡ(ଜୋଶ ପାଉଡର)କୁ କଟକ ଜିଲ୍ଲା ଜଗତପୁରଠାରୁ ଆଣିଥାନ୍ତି। ଏହା କମ ଦରରେ ଅଧିକ କାଠି ରହିଥିବାରୁ ବିଭିନ୍ନ ବ୍ୟବସାୟୀମାନେ କିଣିନେଇଥାନ୍ତି। ଏତଦ୍‌ବ୍ୟତୀତ ବିଭିନ୍ନ ଜିଲ୍ଲାରେ ହେଉଥିବା ଓରମାସର ପଲ୍ଲିଶ୍ରୀ ମେଳାରେ ଯୋଗଦେଇ ବିକ୍ରୀ କରିଥାନ୍ତି ବୋଲି ସଭାପତି ଝରଣା ଦଳେଇ ଓ ସମ୍ପାଦକ ସୁଶ୍ରୀ ସଙ୍ଗୀତା ନାୟକ କହିଛନ୍ତି। ଯଦି ସରକାରଙ୍କ ପକ୍ଷରୁ ଅଧିକ ସହଯୋଗ ମିଳିବ ତେବେ ନିଯୁକ୍ତିର ହାର ବଢିବା ସହ ଉତ୍ପାଦନ ଶକ୍ତି ବଢିପାରିବ ବୋଲି ସେମାନେ ଆଶା କରିଛନ୍ତି।

# କନକମଂଜରୀ ମହାବିଦ୍ୟାଳୟରେ ଉତ୍ତର କହିଛନ୍ତି ଅଧ୍ୟାପକ

ଘଷିପୁରା (ପିଏନ୍): ଆନନ୍ଦପୁର ଉପଖଣ୍ଡ ଶାଳପଡା ସ୍ଥିତ କନକ ମଂଜରୀ ମହିଳା ମହାବିଦ୍ୟାଳୟରେ ଯୁକ୍ତଦୁଇ ପରୀକ୍ଷା ଚାଲିଥିଲା ଏବଂ ଏହା ହୋଇଥିଲା ଏକ ହବ୍ ସେଣ୍ଟର ଯେଉଁଠି କି



ପରୀକ୍ଷାର୍ଥୀଙ୍କୁ ଉତ୍ତର ଡାକି ଦେଇଥିଲେ ଅଧ୍ୟାପକ । ଏଭଳି ଏକ ସଙ୍ଗୀନ ଅଭିଯୋଗ ଇ ମେଲ ଦ୍ୱାରା ଶିକ୍ଷା ବିଭାଗକୁ ଜଣାଇଛନ୍ତି ଜଣେ ଅଭିଭାବକ ଅଳୀ ପ୍ରଧାନ । ଅଭିଯୋଗକାରିଣୀ ଅଳୀ ପ୍ରଧାନଙ୍କ ଝିଅ କହିବା ଅନୁସାରେ କଲେଜରେ ସିସିଟିଭି ଲାଗିଥିବା ସତ୍ତ୍ୱେ ଅଧ୍ୟାପକମାନେ ଉତ୍ତର ଡାକି ଦେଉଥିଲେ। ଫଳରେ ସେମାନେ ୧୫ଜଣ ଝିଅ ଯୁକ୍ତଦୁଇ ପରୀକ୍ଷା ଦେଉଥିବା ବେଳେ ଅସୁବିଧାର ସମ୍ମୁଖୀନ ହୋଇଥିଲେ । ସେହି ୧୫ ଝିଅ ଅଧକ୍ଷ ଶ୍ରୀ ପ୍ରଦୀପ ମହାନ୍ତିଙ୍କୁ ଯାଇ ଅନୁରୋଧ କରିଥିଲେ ଏବଂ ସେହି ୧୫ଜଣ ଝିଅଙ୍କୁ ଅଲଗା ଗୋଟିଏ ରୁମ୍‌ରେ ପରୀକ୍ଷା କରାଇବାକୁ କହିଥିଲେ। କାରଣ ଏଭଳି ଉତ୍ତର ଡାକିଲା ବେଳେ ସେମାନଙ୍କର ଏକାଗ୍ରତା ଭଙ୍ଗ ହେଉଥିଲା । ଅଧକ୍ଷ ଶ୍ରୀ ମହାନ୍ତି ସେହି ଛାତ୍ରୀମାନଙ୍କ କଥାକୁ ଭୃକ୍ଷେପ ନକରିବାରୁ ସେହି ୧୫ଜଣ ଛାତ୍ରୀ ଶିକ୍ଷା ବିଭାଗକୁ ଇମେଲ ଜରିଆରେ ଅଭିଯୋଗ କରିଥିବା ଜଣାପଡିଛି ।

# ଝୁମ୍ପୁରା ପଂଚାୟତ ସମିତିର ବୈଠକ ଅନୁଷ୍ଠିତ

କେନ୍ଦୁଝର (ପିଏନ୍): ଝୁମ୍ପୁରା ପଂଚାୟତ ସମିତି କାର୍ଯ୍ୟାଳୟରେ ନିକଟରେ ଅନୁଷ୍ଠିତ ହୋଇଯାଇଛି ପଂଚାୟତ ସମିତିର ବୈଠକ। ବ୍ଲକ ଅଧ୍ୟକ୍ଷା ମାଳତୀ ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପାଟଣା ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡର ଅଧ୍ୟକ୍ଷ ଜଗନ୍ନାଥ ନାଏକ, ସଦର ବିଧାୟକ ମୋହନଚରଣ ମାଝୀ, ସ୍ଥାନୀୟ ବିଡିଓ ବିଜୟ କୁମାର ନାୟକ, ବ୍ଲକ ଉପାଧକ୍ଷ ମାନସରଂଜନ ବିଶ୍ୱାଳ, ଏବିଡିଓ ଚୁନୁ ହାଁସଦାଃ,



ସହକାରୀଯନ୍ତ୍ରୀ କୃଷ୍ଣଚନ୍ଦ୍ର ସାହୁ , ବ୍ଲକ ସ୍ତରୀୟ ସମସ୍ତ କନିଷ୍ଠ ଯନ୍ତ୍ରୀ, ଶିଶୁବିକାଶ ବିଭାଗ, ଗ୍ରାମ୍ୟ ପାନୀୟ ଜଳ ଯୋଗାଣ, ଉଦ୍ୟାନ ବିଭାଗ, କୃଷି ବିଭାଗ,ମତ୍ସ୍ୟ ବିଭାଗ, ସ୍ୱାସ୍ଥ୍ୟ ବିଭାଗ, ଶିକ୍ଷା ବିଭାଗ, ବିଦ୍ୟୁତ ବିଭାଗର ଅଧିକାରୀ ଗଣ ଉପସ୍ଥିତ ରହିଥିଲେ। ବୈଠକରେ ଝୁମ୍ପୁରା ବ୍ଲକର ୨୨ଗୋଟି ଗ୍ରାମ ପଂଚାୟତର ସରପଂଚ, ସମିତି ସଭ୍ୟ/ସଭ୍ୟାଙ୍କ ସହିତ ୩ଟି ଜୋନର ଜିଲା ପରିଷଦ ସଭ୍ୟ ଯୋଗ ଦେଇଥିଲେ । ବୈଠକରେ ମନରେଗା ଏବଂ ଗ୍ରାମାଂଚଳରେ ପାନୀୟ ଜଳ ସମସ୍ୟା ନେଇ ଉଦ୍‌ବେଗ ପାଇଥିବା ବେଳେ ଅଙ୍ଗନବାଡୀ କେନ୍ଦ୍ରଗୁଡିକରେ ନିୟମିତ ଖାଦ୍ୟ ଏବଂ ସଠିକ୍ ପରିମାଣ ଅଣ୍ଡା ଦିଆଯାଉ ନଥିବା ଅଭିଯୋଗ ହୋଇଥିଲା । ଶିକ୍ଷା, ସ୍ୱାସ୍ଥ୍ୟ, ରାସ୍ତା,ଭତା ସମ୍ପର୍କିତ ବିଭିନ୍ନ ପଂଚାୟତ ପ୍ରତିନିଧିଙ୍କ ସମସ୍ୟାଗୁଡିକ ଉପରେ ସବିଶେଷ ଆଲୋଚନା କରାଯାଇ ସମାଧାନ ନିମନ୍ତେ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯିବା ପ୍ରସ୍ତାବ ଗୃହିତ ହୋଇଥିଲା।




## ଜିଲ୍ଲା ସ୍ତରୀୟ ଧାନ କ୍ରୟ କମିଟି ( ଡିଏଲପିସି ) ବୈଠକ ଅନୁଷ୍ଠିତ, ଡ଼ିସେମ୍ବର ୨୦ରୁ ଆରମ୍ଭ ହେବ ମଣ୍ଡି

ମାଲକାନଗିରି, (ପି.ଏନ): ମାଲକାନଗିରି ଜିଲ୍ଲାରେ ଖରିଫ ଋତୁ ଧାନ ସଂଗ୍ରହ ପ୍ରକ୍ରିୟାକୁ ନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇଯାଇଛି । ଏନେଇ ଜିଲ୍ଲାପାଳ ବିଶାଲ ସିଂ ଙ୍କ ଅଧ୍ୟକ୍ଷତାରେ ଖରିଫ ଋତୁ ପାଇଁ ଜିଲ୍ଲା ସ୍ତରୀୟ ଧାନ କ୍ରୟ କମିଟି ( ଡିଏଲପିସି ) ବୈଠକ ୨୦୨୩-୨୪ ଆଜି ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ ଚିତ୍ରକୋଣ୍ଡା ବିଧାୟକ ପୂର୍ଣ୍ଣଚନ୍ଦ୍ର ବାକା, ନବରଙ୍ଗପୁର ସାଂସଦ ପ୍ରତିନିଧି ମାନସ ମାଡ଼କାମୀ ଏବଂ ଉପ ଜିଲ୍ଲାପାଳ ଡଃ. ଅକ୍ଷୟ କୁମାର ଖେମୁଣ୍ଡୁ ମଂଚାସୀନ ଥିଲେ ।ଏଠାରେ ଖରିଫ ଧାନ ସଂଗ୍ରହ ପାଇଁ ଜିଲ୍ଲାରେ ମଣ୍ଡିର ସୁବ୍ୟବସ୍ଥା, ଚାଷୀମାନଙ୍କ ଧାନ ସରକାରୀ ମୂଲ୍ୟରେ ବିକ୍ରୀ, ଅଧିକାରୀଙ୍କ ଦାୟିତ୍ୱ, ମିଲରମାନଙ୍କ ଶୀଘ୍ର ଧାନ ଉଠାଣ ସହ ଜନ ପ୍ରତିନିଧିଙ୍କ ସହଯୋଗ ଉପରେ ଜିଲ୍ଲାପାଳ ଆଲୋଚନା କରିଥିଲେ । ସେହିପରି ଚିତ୍ରକୋଣ୍ଡା ବିଧାୟକ ଶ୍ରୀ ବାକା ପୂର୍ବ ବର୍ଷ ଭଳି ଚଳିତ ଖରିଫ ଋତୁରେ ଯେଉଁଭଳି ଧାନ ସଂଗ୍ରହ ସୁରୁଖୁରୁରେ ହୋଇପାରିବ ସେଥିନିମନ୍ତେ ଅଧିକ ଦାୟିତ୍ୱବାନ୍ ହୋଇ ଚାଷୀଙ୍କୁ ସହଯୋଗ କରିବାକୁ ସଂପୃକ୍ତ ବିଭାଗୀୟ ଅଧିକାରୀଙ୍କୁ କହିଥିଲେ । କ୍ୱିଣ୍ଟାଲ ପିଛା ଧାନର ସାଧାରଣ ଏମଏସପି ଦର ୨, ୧୮୩ ଟଙ୍କା ଏବଂ ଗ୍ରେଡ ଏ ପାଇଁ ୨, ୨୦୩ ଟଙ୍କା ରହିଛି । ସୂଚନା ଥାଉ କି, ଓଡିଶା ରାଜ୍ୟ ଖାଦ୍ୟ ଯୋଗାଣ ନିଗମ ରାଜ୍ୟ ସରକାରଙ୍କ ନିର୍ଦ୍ଧାରିତ ମୂଲ୍ୟରେ ଚାଷୀଙ୍କ ଠାରୁ ଧାନ କ୍ରୟ କରିଥାନ୍ତି। ଏହି ସଂସ୍ଥା ପାକ୍ସ, ଲାମ୍ପସ୍, ମହିଳା ଏସଏଚ୍ଜି ଓ ପାଣି ପଞ୍ଚାୟତକୁ ଧାନ କ୍ରୟ ନିମନ୍ତେ ନିଯୁକ୍ତ କରିଥାନ୍ତି। କୃଷକ ଧାନ ବିକ୍ରୀ କରିବାର ୨୪ରୁ ୪୮ ଘଣ୍ଟା ମଧ୍ୟରେ ଅନଲାଇନ୍ ମାଧ୍ୟମରେ ଓଡ଼ିଶା ରାଜ୍ୟ ସମବାୟ ବ୍ୟାଙ୍କରୁ ଟଙ୍କା ପ୍ରଦାନ କରାଯିବ। ଏଥି ନିମନ୍ତେ କୃଷକ ମାନଙ୍କର ଅନଲାଇନ୍ ପଞ୍ଜିକରଣ ବାଧ୍ୟତାମୂଳକ କରାଯାଇଛି । ନିୟନ୍ତ୍ରିତ ବଜାର କମିଟି ( ଆରଏମସି) ଧାନ କିଣୁ ଥିବା ସମସ୍ତ ସଂସ୍ଥାଙ୍କୁ ସମସ୍ତ ସୁବିଧା ଯୋଗାଇ ଦେବେ । ଚଳିତ ବର୍ଷ କୃଷକଙ୍କ ପଞ୍ଜିକରଣ ସଂଖ୍ୟା ବୃଦ୍ଧି ପାଇଛି । ୨୦୨୩-୨୪ ଖରିଫ ଋତୁ ପାଇଁ ଜିଲ୍ଲାରେ ୩୯, ୬୩୫ ଜଣ କୃଷକ ପଞ୍ଜିକରଣ କରିଛନ୍ତି । ଡ଼ିସେମ୍ବର ୨୦ରେ ମଣ୍ଡି ଆରମ୍ଭ ହେବ ବୋଲି ବୈଠକରେ ସ୍ଥିର କରାଯାଇଛି। ମାଲକାନଗିରି ଠାରେ ଏଫସିଆଇ ତରଫରୁ ଧାନ ସଂଗ୍ରହ କରିବାର ବ୍ୟବସ୍ଥା କରିବା ପାଇଁ ମିଲର ମାନଙ୍କ ପକ୍ଷରୁ ଅନୁରୋଧ କରାଯାଇଛି। ଏଥି ନିମନ୍ତେ ପଦକ୍ଷେପ ଗ୍ରହଣ କରାଯିବ ବୋଲି ପ୍ରଶାସନ ପକ୍ଷରୁ କୁହାଯାଇଛି ।ଅନ୍ୟ ମାନଙ୍କ ମଧ୍ୟରେ ଜିଲ୍ଲା ଯୋଗାଣ ଅଧିକାରୀ, ମନମୋହନ ପଟ୍ଟନାୟକ, ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ଜାମି ସୂର୍ଯ୍ୟା ରାଓ, ଆରଏମସି ସମ୍ପାଦକ ଗୁରୁ ଚରଣ ନାୟକ, ମିଲର ସଂଘ ସଭାପତି ସୁରେଶ ସୋମାନୀ ଙ୍କ ସମେତ ଜିଲ୍ଲା ଯୋଗାଣ ବିଭାଗର କର୍ମଚାରୀ, ମିଲର, ପାକ୍ସ, ଲାମ୍ପସ ଓ କୃଷକ ମାନେ ଉପସ୍ଥିତ ଥିଲେ।

## ରାସ୍ତା ଉପରେ ଓଲଟିଲା ବେଆଇନ ଗୋରୁ ବୋଝେଇ ଟ୍ରକ

ଭୁବନେଶ୍ୱର, (ପି.ଏନ): ଜାତୀୟ ରାଜପଥ ଉପରେ ଓଲଟିଲା ବେଆଇନ ଗୋରୁ ବୋଝେଇ ଟ୍ରକ । ମୟୂରଭଞ୍ଜ ଜିଲ୍ଲା ଯଶିପୁର ଥାନା ଅନ୍ତର୍ଗତ ୪୯ ନମ୍ବର ଜାତୀୟ ରାଜପଥ ଟଙ୍ଗାବିଲା ନିକଟରେ ବେଆଇନ ଗୋରୁ ବୋଝେଇ ମିନିଟ୍ରକ ଓଲଟିପଡିଛି । ଏଥିରୁ ୮ଟି ବଳଦର ମୃତ୍ୟୁ ହୋଇଥିବା ବେଳେ ୧୦ରୁ ଅଧିକ ଗୋରୁ ଆହତ ହୋଇଛନ୍ତି ।ସୂଚନାଯୋଗ୍ୟ ଗତକାଲି ବିଳମ୍ବିତ ରାତିରେ ଠାକୁରମୁଣ୍ଡା ଥାନା ପୋଲିସ ଏବଂ କରଞ୍ଜିଆ ଥାନା ପୋଲିସ ଏକ ବେଆଇନ ବଳଦ ବୋଝେଇ ମିନିଟ୍ରକକୁ ପିଛା କରୁଥିବା ବେଳେ ମିନିଟ୍ରକଟି ଦ୍ରୁତଗତିରେ ଠାକୁରମୁଣ୍ଡା, କରଞ୍ଜିଆ ଦେଇ ୪୯ନମ୍ବର ଜାତୀୟ ରାଜପଥରେ କଲିକତା ଅଭିମୁଖେ ଯାଉଥିବା ବେଳେ ଟଙ୍ଗାବିଲା ଓଭରବ୍ରିଜ ନିକଟରେ ଭାରସାମ୍ୟ ହରାଇ ଓଲଟିପଡିଥିଲା । ଫଳରେ ମିନିଟ୍ରକରେ ବେଆଇନ ଭାବେ ଚାଲାଣ ହେଉଥିବା ୨୦ରୁ ଊର୍ଦ୍ଧ୍ୱ ବଳଦଙ୍କ ମଧ୍ୟରୁ ୮ରୁ ଅଧିକ ବଳଦର ମୃତ୍ୟୁ ହୋଇଥିବା ବେଳେ ଅନ୍ୟ ବଳଦ ଗୁରୁତର ଆହତ ହୋଇଥିବା ସୂଚନା ମିଳିଛି । ଗାଡିଟି ଦୁର୍ଘଟଣା ଗ୍ରସ୍ତ ହେବା ପରେ ଘଟଣା ସ୍ଥଳରୁ ଗାଡି ଡ୍ରାଇଭର ଏବଂ ହେଲପର ଫେରାର ହୋଇଯାଇଛନ୍ତି । ଯଶିପୁର ପୋଲିସ ଗାଡିକୁ ଜବତ କରିଛି । ଏହି ଘଟଣାକୁ ନେଇ ଘଟଣା ସ୍ଥଳରେ ଚାପା ଉତେଜନା ଲାଗି ରହିଛି । ପୋଲିସ ତରବରିଆ ଭାବେ ଗାଡି ଏବଂ ବଳଦକୁ ଜେସିବି ସାହାଯ୍ୟରେ ଉଠାଉଥିବା ବେଳେ ସ୍ଥାନୀୟ ଲୋକେ ବିରୋଧ କରିଥିଲେ ।

## ମହେଶ୍ୱରଙ୍କ ଯୁଗ ଶେଷ : ପୁରୀ ସହର ଓ ସଦର ସ୍ତବ୍ଧ

ପୁରୀ, (ପି.ଏନ):ପୁରୀ ସଦର ନିର୍ବାଚନ ମଣ୍ଡଳୀର ଜନପ୍ରିୟ ନେତା ମହେଶ୍ୱର ମହାନ୍ତି ଆଜି ଭୋର ସମୟରେ ଭୁବନେଶ୍ୱର ଏକ ଘରୋଇ ଡ଼ାକ୍ତରଖାନାରେ ଶେଷ ନିଶ୍ୱାସ ତ୍ୟାଗ କରିବା ଖବର ପ୍ରଚାରିତ ହେବା ପରେ ପୁରୀ ସହର ଓ ସଦର ସ୍ତବ୍ଧ ହୋଇଯାଇଛି । ହଜାର ହଜାର ମହିଳା ଓ ପୁରଷଙ୍କ ସମେତ ମହେଶ୍ୱର ପ୍ରେମୀ ବାଟରେ ସ୍ୱର୍ଗରଥରେ ଆସୁଥିବା ପ୍ରାର୍ଥୀବ ଶରୀରକୁ ଶେଷ ଦର୍ଶନ କରିବା ସହିତ ପୁଷ୍ପମାଲ୍ୟ ଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ସେ ଏକା ଧାରାରେ ୨ଥର ନଗରପାଳ ଓ କ୍ରମାନ୍ୱୟରେ ୫ ଥର ବିଧାୟକ ହୋଇଥିଲେ । ମୃତ୍ୟୁ ବେଳକୁ ତାଙ୍କୁ ୬୭ ବୟସ ହୋଇଥିଲା । ୧୯୯୫ ମସିହାରେ ସେ ଜନତା ଦଳରୁ ବିଧାୟକ ହୋଇଥିଲେ । ୨୦୦୪ ରୁ ୨୦୦୮ ପର୍ଯ୍ୟନ୍ତ ବିଧାନସଭାରେ ବାଚସ୍ପତି ପଦ ଅଳଙ୍କୃତ କରିଥିଲେ । ରାଜସ୍ୱ ଓ ଆଇନମନ୍ତ୍ରୀ ଭାବେ ବେଶ୍ ଦକ୍ଷତାର ସହ ମନ୍ତ୍ରୀପଦ ତୁଲାଇଥିଲେ । ପୁରୀ ଜିଲ୍ଲା ବିଜୁ ଜନତା ଦଳର ସଭାପତି ଭାବେ ମୃତ୍ୟୁ ପର୍ଯ୍ୟନ୍ତ ରହିଥିଲେ । ତାଙ୍କର ବିୟୋଗରେ ସହରରେ ଶୋକର ଛାୟା ଖେଳି ଯାଇଛି । ପୁରୀ ଓକିଲ ସଂଘର ସଦସ୍ୟ ଭାବେ ସେ ଅନେକ ଗୁଡ଼ିଏ କାର୍ଯ୍ୟ ସଂଘ ପାଇଁ କରିଥିଲେ । ସଂଘର କାର୍ଯ୍ୟାଳୟ ସମ୍ମୁଖରେ ଶହ ଶହ ଓକିଲ ମହେଶ୍ୱରଙ୍କ ମରଶରୀରରେ ଫୁଲମାଳ ଦେବା ସହ ତାଙ୍କ ଶେଷ ଦର୍ଶନ କରିଥିଲେ । ପୁରୀ ଜିଲ୍ଲାରେ ସେ ଜନପ୍ରିୟ ନେତା ସହ ଦଳର ମୁରବି ହିସାବରେ କାର୍ଯ୍ୟ ତୁଲାଉଥିଲେ । ଓଡ଼ିଆ ଭାଷାକୁ ଶାସ୍ତ୍ରୀୟ ମାନ୍ୟତା ଦେବା ପାଇଁ ଅନେକ ପଦକ୍ଷେପ ନେଇଥିଲେ । ଛାତ୍ର ଜୀବନରୁ ଏସସିଏସ କଲେଜର ସାଧାରଣ ସମ୍ପାଦକରୁ ରାଜନୀତି ଆରମ୍ଭ କରିଥିଲେ । ନଗରପାଳ ଭାବେ ପୁରୀ ସହରର ଅନେକ ଉନ୍ନତି ମୂଳକ କାର୍ଯ୍ୟ କରିଥିଲେ । ଭୁବନେଶ୍ୱର ଘରୋଇ ମେଡ଼ିକାଲରୁ ବିଜେଡ଼ି ରାଜ୍ୟ କାର୍ଯ୍ୟାଳୟ ଓ ବିଧାନସଭାରେ ତାଙ୍କୁ ବହୁ ନେତୃବୃନ୍ଦ ଶେଷ ସମ୍ମାନ ଜଣାଇଥିଲେ। । ବିଧାନସଭା ପରିସରରେ ତାଙ୍କୁ ଗାର୍ଡ଼ ଅଫ ଅନର ଦିଆଯାଇଥିଲା । ସେଠାରୁ ପୁରୀ ଅଭିମୁଖେ ସ୍ୱର୍ଗରଥକୁ ଉତରା ଛକ, ପିପିଲି ବଜାର, ସାତଶଙ୍ଖ, ସାକ୍ଷୀଗୋପାଳ, ଚନ୍ଦନପୁର, ମାଳତିପାଟପୁର ଛକ, ବାଟଗାଁ ଏବଂ ଅଠରନଳା ଠାରେ ଶହ ଶହ ଶୁଭେଚ୍ଛୁ ଓ ସମର୍ଥକ ଶେଷ ଦର୍ଶନ କରିଥିଲେ । ସେଠାରୁ ନରେନ୍ଦ୍ରକୋଣ ଜିଲ୍ଲା ବିଜେଡ଼ି କାର୍ଯ୍ୟାଳୟ ଓ ପୁରୀ ଓକିଲ ସଂଘ ନିକଟକୁ ନିଆଯିବା ପରେ କୁମୁଟିସାହି ସ୍ଥିତ ନିଜସ୍ୱ ବାସଭବନକୁ ସ୍ୱର୍ଗରଥ ଅଣାଯାଇଥିଲା । ସେଠାରେ ଅନେକ ନେତୃବୃନ୍ଦ, ବୁଦ୍ଧିଜୀବୀ, ସମାଜସେବୀ, ବନ୍ଧୁ ଓ ପରିବାରଙ୍କ ସମେତ ବିଜେଡ଼ି ଦଳୀୟ ନେତା ଓ କର୍ମୀ ଶେଷ ଦର୍ଶନ କରିଥିଲେ । ସେଠାରୁ ସ୍ୱର୍ଗଦ୍ୱାର ନିଆଯାଇ ତାଙ୍କର ଶବସତ୍କାର କରାଯାଇଥିଲା । ତାଙ୍କ ବଡ଼ପୁଅ ସୁନିଲ ମହାନ୍ତି ମୁଖାଗ୍ନି ଦେଇଥିଲେ । ସ୍ୱର୍ଗଦ୍ୱାର ଠାରେ ହଜାର ହଜାର ନେତା, କର୍ମୀ, ଶୁଭେଚ୍ଛୁ, ଆଇନଜୀବୀ, ସମାଜସେବୀ ପହଂଚି ଶେଷ ଦର୍ଶନ କରିବା ତାଙ୍କ ପାର୍ଥିବ ଶରୀରରେ ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ । ମହେଶ୍ୱର ଅମର ରହେ ଧ୍ୱନୀରେ ସ୍ୱର୍ଗଦ୍ୱାର ଅଂଚଳ କମ୍ପିଥିଲା । ସ୍ୱର୍ଗଦ୍ୱାର ସମେତ ସହର ଓ ସଦରରେ ଶୋକର ଛାୟା ଖେଳିଯାଇଛି ।

## ଜିଲ୍ଲା ସ୍ତରରୁ ରାଜ୍ୟ ସ୍ତରକୁ ଉତ୍ସାହରେ ଯୋଗଦାନ ପାଇଁ ଗସ୍ତ

ବଲାଙ୍ଗିର, (ପି.ଏନ): ଜିଲ୍ଲା ସ୍ତରରେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ ତରଫରୁ ଶିଶୁ ଯତ୍ନ ଅନୁଷ୍ଠାନରେ ରହୁଥିବା ଅନାଥ ଶିଶୁ ମାନଙ୍କର ଅନ୍ତରରେ ଥିବା ଅନ୍ତର୍ନିହିତ ଗୁଣର ବିକାଶ ଓ ପ୍ରସ୍ଫୁଟିତ ବା ପ୍ରକାଶିତ କରିବା ପାଇଁ ସମସ୍ତଙ୍କୁ ଉତ୍ସାହିତ କରିବା ପାଇଁ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ ତରଫରୁ ଉତ୍ସାହ କାର୍ଯକ୍ରମ ଅନୁଷ୍ଠିତ ହୋଇଯାଇଛି । ଏହି ଉତ୍ସାହ ପ୍ରତିଯୋଗିତାରେ ଯଥା ୧୦୦ ମିଟର, ୨୦୦ ମିଟର, ଚେସ, କେରମ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଏହି ପ୍ରତିଯୋଗିତାରେ ଜିଲ୍ଲା ସ୍ତରରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ର ଛାତ୍ରୀ ମାନଙ୍କୁ ରାଜ୍ୟ ସ୍ତରର ପ୍ରତିଯୋଗିତାରେ ଅଂଶଗ୍ରହଣ କରିବା ପାଇଁ ଜିଲ୍ଲା ତରଫରୁ ମନୋହର ବାଗଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆଜି ଭୁବନେଶ୍ୱର ଗସ୍ତ କରିଛନ୍ତି । ଏହି ଉତ୍ସାହ କାର୍ଯକ୍ରମ ଭୁବନେଶ୍ୱର ସ୍ଥିତ କଳିଙ୍ଗ ଷ୍ଟାଡିୟମ୍ ରେ ଅନୁଷ୍ଠିତ ହେବ ।ଏହି ଅବସରର ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଲକ୍ଷ୍ମୀ ସିଂ, ଶିଶୁ ସୁରକ୍ଷା ଅଧିକାରି ଚୂଡ଼ାମଣି ପଣ୍ଡା, ଅଣ ଆନୁଷ୍ଠାନିକ ଅଧିକାରୀ ସୁଧାଂଶୁ ଶେଖର କୁମ୍ଭାର, ଜିଲ୍ଲା ପରାମର୍ଶଦାତା ପ୍ରମୋଦ ବଗର୍ତୀ ସମସ୍ତ ଛାତ୍ର ଛାତ୍ରୀଙ୍କୁ ରେଲୱେ ଷ୍ଟେସନରେ ଶୁଭକାମନା ଜଣାଇ ବିଦାୟ ଦେଇଥିଲେ । ଏହି ଅବସରର ଶିଶୁ ଯତ୍ନ ଅନୁଷ୍ଠାନ ରାମନାଥ୍ ସାଏ, ଆଶିଷ ଖମାରୀ ପ୍ରମୁଖ ଉପସ୍ଥିତ ଥିଲେ ।

## ବଲାଙ୍ଗିର ରେ କ୍ରେତା ବିକ୍ରେତା ସମ୍ମିଳନୀ

ବଲାଙ୍ଗିର,(ପି.ଏନ): ବଲାଙ୍ଗିର ରେ ରାଜ୍ୟ ହୋଟେଲ ପରିଚାଳନା ପ୍ରତିଷ୍ଠାନରେ ଓରମାସ ଓ ଜିଲ୍ଲା ପ୍ରଶାସନ ମିଳିତ ସହଯୋଗରେ କ୍ରେତା ବିକ୍ରେତା ସମ୍ମିଳନୀ ଅନୁଷ୍ଠିତ ହୋଇଛି । ଜିଲ୍ଲାର ସମସ୍ତ ଚାଷୀ ଏବଂ ବିକ୍ରେତା ଙ୍କ ସମସ୍ୟା, ସୁବିଧା ଏବଂ ପରସ୍ପର ସହ ଆଳାପ ପାଇଁ ଏହି ପ୍ଲାଟଫର୍ମ ଖୁବ ଉପଯୋଗୀ ବୋଲି ଉପସ୍ଥିତ ଅତିଥି କହିଥିଲେ । ଏହା ଦ୍ୱାରା ସମସ୍ତଙ୍କୁ ବ୍ୟାକୱାର୍ଡ ଲିଙ୍କେଜ ଓ ଫୋରୱାର୍ଡ ଲିଙ୍କେଜ ମିଳିପାରିବ। ହସ୍ତତନ୍ତ, ହସ୍ତଶିଳ୍ପ , ବାଦାମ , ଡାଲି , ମସଲା, ଫଳ, ପନିପରିବା, ଛତୁ, ଛତୁ ଖଟା ଆଦି ଉତ୍ପାଦନ କରାଯାଉଛି । ଜିଲ୍ଲାରେ ସମୁଦାୟ ୨୧୯ ଟି ଗ୍ରୁପ ରେ ୧୫୧୯୫ ଜଣ ଓରମାସ ସହ ପ୍ରତିବିନ୍ଧିତ ହେଇ ଏହି ଉତ୍ପାଦ ଉତ୍ପାଦନ କରୁଛନ୍ତି । ପୂର୍ବରୁ ଏସବୁ ଚାଷ ବ୍ୟକ୍ତିଗତ ଭାବେ କରାଯାଉଥିଲା । ସମୟ ସହ ଏବେ ସାମୁହିକ ବିକାଶ ଦିଗରେ ସମସ୍ତେ ଚେଷ୍ଟିତ । ଏକ ରୁ ଅନେକ ଭଳି ଜଣଙ୍କ ଠି ସୀମିତ ନ ହୋଇ ଏହା ବଡ ବଡ ଉଦ୍ୟୋଗ ରେ ପରିଣତ ହେଉଛି । ସରକାରଙ୍କ ମେକ ଇନ ଓଡିଶା ତଥା ଆତ୍ମନିର୍ଭରଶୀଳ ହେଇ ବଜାରକୁ ଅଧିକରୁ ଅଧିକ ବିକଳ୍ପର ଉତ୍ପାଦ ଚାଷୀ ମାନେ ପଠାଉଛନ୍ତି । ଏହି ବିକ୍ରେତା ଏହାକୁ ଲୋକଙ୍କ ପାଖକୁ ପଠାଇ ବଜାର ଶୃଙ୍ଖଳ କୁ ସଂପୂର୍ଣ୍ଣ କରାଇଥାଏ । କୃଷି ବଲାଙ୍ଗିର ର ଶିଳ୍ପ ଏବଂ ଓରମାସ ଏହି ଶିଳ୍ପ କୁ ନବଦିଗନ୍ତ ଦେଇଛି ବୋଲି ଉପସ୍ଥିତ ଅତିଥି ପ୍ରକାଶ କରିଥିଲେ । ଦ୍ୱିତୀୟ ପର୍ଯ୍ୟାୟ ରେ ଜିଲ୍ଲାପାଳ ଏହି ସମ୍ମିଳନୀ ଦ୍ୱାରା ମିଡିଲ ମ୍ୟାନ ର ଭୂମିକା କୁ ହଟେଇହେବ ବୋଲି କହିବା ସହ ଚାଷୀ ନିଷ୍ପେସିତ ହେବାକୁ ବଂଚିପାରିବେ ବୋଲି କହିଥିଲେ । ଯେହେତୁ ଚାଷୀ ଓ କ୍ରେତା ଉଭୟ ଗୋଟେ ସ୍ଥଳରେ ଉପସ୍ଥିତ ଅଛନ୍ତି ତେଣୁ ଏହା ଆଗାମୀ ଦିନରେ ଉଭୟ ଙ୍କୁ ସହାୟକ ହେବ । ଭିତିଭୂମି ସୁଦୃଢ଼ ହେଲେ ଆମ ପ୍ରଦେଶ ର ଚାଷୀ ବେଙ୍ଗଲ, ମହାରାଷ୍ଟ୍ର ର ଚାଷୀଙ୍କୁ ଟକ୍କର ଦେଇପାରିବେ । ବଲାଙ୍ଗିରର ଉତ୍ପାଦ ବିଶ୍ୱ ତଥା ଦେଶ ଉତ୍ପାଦ ସହ ନିଜ ସ୍ଥାନ ବଜାୟ ରଖିପାରିଲେ ଏହି ସମ୍ମିଳନୀ ମୁଖ୍ୟ ଉଦେଶ୍ୟ ସାଧିତ ହେଇପାରିବ ବୋଲି କହିଥିଲେ । ସମ୍ମିଳନୀରେ ଜିଲ୍ଲାପରିଷଦ ମୁଖ୍ୟ ଉନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ସୁଶାନ୍ତ ସିଂ, ଫ୍ୟାଟୋବିୟକ୍ସ କାର୍ଯ୍ୟକାରୀ ସମ୍ପାଦକ ଏସ କେ ଦାସ, ଉପନିର୍ଦ୍ଦେଶକ ପ୍ରଫୁଲ ଭଞ୍ଜ , ମୁଖ୍ୟ କୃଷି ଅଧିକାରୀ ସୁବାଷ ବେହେରା, ଡିଡିଏମ ନାବାର୍ଡ ଉପସ୍ଥିତ ଥିଲେ । ଚାଷୀରୂପେ ବାବୁଲାଲ ଜାନୀ, ବିଷ୍ଣୁ ସାହୁ , ପ୍ରଦୀପ ପୃଷ୍ଟି , ଶ୍ରୀପତି ବେହେରା , ଶିବାନନ୍ଦ ବାରାଡ, ସନତ ଚାଣ୍ଡୀ, ରୋମାଂଚଳ ସାହୁ ଆଦି ନିଜର ଅଭିଜ୍ଞତା ବଖାଣି ଥିଲେ ।

## ଅଧାପନ୍ତରିଆ ପାର୍କ ନିର୍ମାଣ : କାମ ଛାଡି ଠିକାଦାର ଛୁ

ଚମ୍ପୁଆ, (ପି.ଏନ):ଚମ୍ପୁଆ ବ୍ଲକର ପ୍ରତି ପଂଚାୟତରେ ଜନସାଧାରଣଙ୍କ ଆମୋଦ ପ୍ରମୋଦ ପାଇଁ ପଂଚାୟତ ମୁଖ୍ୟାଳୟ ମାନଙ୍କରେ ପାର୍କ ନିର୍ମାଣ ଯୋଜନା ସରକାର ହାତକୁ ନେଇଛନ୍ତି । ପାର୍କ ନିର୍ମାଣ ପାଇଁ କାର୍ଯ୍ୟାଦେଶ ଦିଆଯାଇ ଅନୁଦାନ ମଧ୍ୟ ଯୋଗାଇ ଦିଆଯାଇଥିବା ବେଳେ ଚମ୍ପୁଆ ବ୍ଲକ ଅନ୍ତର୍ଗତ ପର୍ଶଳା ପଂଚାୟତର ପର୍ଶଳା ଗ୍ରାମରେ ନିର୍ମାଣ ହେଉଥିବା ପାର୍କ କାର୍ଯ୍ୟ ଅଧାପନ୍ତରିଆ ଭାବେ ପଡ଼ିରହିଛି । କାମକୁ ଅଧାରେ ଛାଡି ଠିକାଦାର ଛୁ ମାରିଥିବାରୁ କାର୍ଯ୍ୟର ସମ୍ପୂର୍ଣ୍ଣ ନେଇ ଗ୍ରାମବାସୀଙ୍କ ମଧ୍ୟରେ ସନ୍ଦେହ ଦେଖାଦେଇଛି । ପ୍ରାୟ ୨ ଏକର ପରିମିତ ସରକାରୀ ଜମିରେ ୨୦ ଲକ୍ଷରୁ ଅଧିକ ବ୍ୟୟ ଅଟକଳରେ ଏହି ପାର୍କ ନିର୍ମାଣ କରାଯାଉଥିବା ବେଳେ ଝୁମ୍ପୁରା ବ୍ଲକର ଜଣେ ଜୈନିକ ଠିକାଦାର ଏହି ନିର୍ମାଣ କାର୍ଯ୍ୟର କାର୍ଯ୍ୟାଦେଶ ପାଇଥିଲେ । ତେବେ ଇତିମଧ୍ୟରେ ୬ ମାସରୁ ଅଧିକ ସମୟ ବିତି ଯାଇଯାଇଥିବା ବେଳେ ପାର୍କ ନିର୍ମାଣ କାର୍ଯ୍ୟ ଅଧାପନ୍ତରିଆ ଭାବେ ପଡି ରହିଥିବା ଦେଖିବାକୁ ମିଳିଛି । ଠିକାଦାର ଜଣକ ବିନା ସୂଚନା ଫଳକରେ କାର୍ଯ୍ୟ ଆରମ୍ଭ କରି କେବଳ ପାର୍କ ର ପାଚେରି ଫେବର ବ୍ଲକ ଓ ମୁଖ୍ୟ ଫାଟକ କାର୍ଯ୍ୟ କରି କାମକୁ ଅଧାରେ ଛାଡି ଛୁ ମାରି ଥିବାରୁ ଏବେ କାର୍ଯ୍ୟଟି ଅଧାପନ୍ତରିଆ ଭାବେ ପଡି ରହିଛି। ଠିକାଦାର କାମକୁ ଅଧାରେ ବନ୍ଦ ରଖିଥିବାରୁ ଗ୍ରାମବାସୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି । ଉକ୍ତ କାର୍ଯ୍ୟରେ ନିମ୍ନମାନର ଫେବର ବ୍ଲକ ବିଛା ଯାଇଥିବା ଯୋଗୁଁ ଫେବର ବ୍ଲକ ଗୁଡ଼ିକ ଦବି ଯାଇଥିବା ବେଳେ ପାର୍କ ପାଚେରୀର କିଛି ଅଂଶ ଭାଙ୍ଗି ଅସାମାଜିକ ବ୍ୟକ୍ତି ମାନେ ସନ୍ଧ୍ୟା ହେଲେ ଏଠାରେ ଆସର ଜମାଉ ଥିବା ଦେଖିବାକୁ ମିଳୁଛି । ନିମ୍ନମାନର କାମ ସହ ଅଧାପନ୍ତରିଆ କାର୍ଯ୍ୟକୁ ନେଇ ଗ୍ରାମବାସୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି । ଏ ବାବଦରେ ଉକ୍ତ ପଂଚାୟତ ଦାୟିତ୍ୱରେ ଥିବା ଚମ୍ପୁଆ ବ୍ଲକର କନିଷ୍ଠ ଯନ୍ତ୍ରୀ ସ୍ୱଦେଷ୍ଣା ପାତ୍ରଙ୍କୁ ଯୋଗାଯୋଗ କରାଯିବାରୁ କାର୍ଯ୍ୟ ବନ୍ଦ ଥିଲା ଶୀଘ୍ର କାର୍ଯ୍ୟ ଆରମ୍ଭ କରାଯିବ ବୋଲି ସଫେଇ ଦେଇଛନ୍ତି ।

## ନର୍ଲା ବ୍ଲକ ସାମ୍ବାଦିକଙ୍କ ୧୨ ଦଫା ଦାବି ପ୍ରଶାସନ ପୂରଣରେ ଆଗଭର : ପ୍ରଥମ କାର୍ଯ୍ୟ ଆରମ୍ଭ

ଭବାନୀପାଟଣା, (ପି.ଏନ):- କଳାହାଣ୍ଡି ଜିଲ୍ଲା ନର୍ଲା ବ୍ଲକରେ ରାଜ୍ୟ ସରକାର ଅର୍ଥ ଯୋଗାଇ ଦେଇଥିବା ସତ୍ତ୍ୱେ ବହୁ ପ୍ରକଳ୍ପର କାର୍ଯ୍ୟ ବର୍ଷ ବର୍ଷ ଧରି ପଡ଼ିରହିଥିବାରୁ ଗତ ଅକ୍ଟୋବର ୧୬ ତାରିଖ ସୋମବାର ଦିନ ନର୍ଲା ସାମ୍ବାଦିକ ସଂଘ ଅସନ୍ତୋଷ ପ୍ରକାଶ କରି ଅଂଚଳର ରାଜନୈତିକ ପଦାଧିକାରୀ ଓ ପ୍ରଶାସନିକ ଅଧିକାରୀ ମାନଙ୍କ ଅଂଚଳ ପ୍ରତି ବୈମାତୃକ ମନୋଭାବ ଓ ଆନ୍ତରିକତା ଅଭାବ ଏବଂ ଅବହେଳା ପ୍ରତିବାଦରେ ସଂଘ ରାଜ ରାସ୍ତାକୁ ଓହ୍ଲାଇବ ବୋଲି ଲିଖିତ ଭାବରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ନର୍ଲା ଭାରପ୍ରାପ୍ତ ଥାନା ଅଧିକାରୀ ଓ ତହସିଲଦାର ନର୍ଲାଙ୍କୁ ଜଣାଇଥିଲେ ଏବଂ ଗତ ୦୨.୧୦.୨୩ ରିଖ ଗୁରୁବାର ସଂଘ ପକ୍ଷରୁ ନର୍ଲା ଅଂଚଳର ବିଭିନ୍ନ ସଂଗଠନ ର ସହଯୋଗ ରେ ନର୍ଲା ଚାରିଛକ ଠାରୁ ଏକ ଶୋଭାଯାତ୍ରାରେ ଶହ ଶହ ସଂଖ୍ୟାରେ ବିଭିନ୍ନ ସଂଗଠନ ସଦସ୍ୟ ମାନେ ଏକତ୍ରିତ ହୋଇ ବ୍ଲକ କାର୍ଯ୍ୟାଳୟ ରେ ପହଂଚି ପ୍ରତିବାଦ ଜଣାଇବା ସହ ମୁଖ୍ୟମନ୍ତ୍ରୀ ଙ୍କ ଉଦ୍ଦେଶ୍ୟରେ ୧୨ ଦଫା ଦାବି ନର୍ଲା ବିଡ଼ିଓ ଙ୍କୁ ପ୍ରଦାନ କରିଥିଲେ । ଆଜି ତାର ଫଳ ସ୍ୱରୂପ ଦୁଇ ବର୍ଷ ଧରି ପଡ଼ିରହିଥିବା ଛତିକୁଡ଼ା ନର୍ଲା ମ.ରାମପୁର କୁ ସଂଯୋଗ କରୁଥିବା ରାଜରାସ୍ତା ପ୍ରଶସ୍ତିକରଣ କାର୍ଯ୍ୟ ତୁରନ୍ତ ଆରମ୍ଭ ହୋଇଛି । ତେଣୁ ସ୍ଥାନୀୟ ଅଂଚଳବାସୀ ନର୍ଲା ନୂତନ ସାମ୍ବାଦିକ ସଂଘକୁ କୃତଜ୍ଞତା ଜଣାଇବା ସହ ବ୍ଲକ ଓ ଜିଲ୍ଲା ପ୍ରଶାସନକୁ କାର୍ଯ୍ୟ ତ୍ୱରାନ୍ୱିତ ପାଇଁ ସାଧୁବାଦ୍ ଜଣାଇଛନ୍ତି । ଅପରପକ୍ଷରେ ନର୍ଲା ସାମ୍ବାଦିକ ସଂଘର ସଭାପତି ନିର୍ମାଣ କାର୍ଯ୍ୟ ଉନ୍ନତ ଓ ସଠିକ୍ ମାନର ମଧ୍ୟ ହେବାର ଆବଶ୍ୟକତା ବୋଲି ମତ ପ୍ରକାଶ କରିଛନ୍ତି ।


2023-2024



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ

ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Bhubaneswar Thursday November 09, 2023 ଭୁବନେଶ୍ୱର ଗୁରୁବାର, ନଭେମ୍ବର ୦୯,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


## ଚାଞ୍ଚଡାପଲ୍ଲୀ ଗ୍ରାମରେ କୋଠିଶାଳ ଯାତ୍ରାରେ ମୁଖ୍ୟ ଅତିଥି ଭାବେ ବିପ୍ଳବ ପାତ୍ରଙ୍କ ଯୋଗଦାନ

କୁକୁଡ଼ାଖଣ୍ଡି(ଇପିଲି ପୂର୍ଣ୍ଣଚନ୍ଦ୍ର), (ପି.ଏନ) : ଓଡ଼ିଶାରେ ବାର ମାସରେ ତେର ପର୍ବ ପାଳନ ହୋଇଥାଏ । କୋଠିଶାଳ ଯାତ୍ରାର ଦଶମ ତିଥ୍ୟ ଦଶହରା ପୂଜା ଆରମ୍ଭ ହୋଇ ପ୍ରତ୍ୟେକ ସନ୍ଧ୍ୟାରେ ମାଁ ମଙ୍ଗଳାଙ୍କୁ ଫୁଲପୁଷ୍ପ ଦେଇ ପୂଜାର୍ଚ୍ଚନା କରାଯାଏ। କୁକୁଡ଼ାଖଣ୍ଡି ବ୍ଲକ ଅନ୍ତର୍ଗତ ବନ୍ତପଲ୍ଲୀ ଗ୍ରାମପଞ୍ଚାୟତ ଅଧିନସ୍ଥ ଚାଞ୍ଚଡାପଲ୍ଲୀ ଗ୍ରାମରେ କୋଠିଶାଳ ଯାତ୍ରା ରେ ମୁଖ୍ୟ ଅତିଥି ଭାବେ ଯୋଗଦାନ କରିଲେ ବିଜୁ ଜନତା ଦଳର ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ବିପ୍ଳବ ପାତ୍ର ।ଓ ସେହି ଗ୍ରାମ ର ଯୁବକ ଭାଇ ମାନେ ଯୋଗ ଦେଇ ଶ୍ରୀ ପାତ୍ରଙ୍କୁ ଫୁଲପୁଷ୍ପ ପକାଇ ଗ୍ରାମ ଭିତରକୁ ପାଛୋଟି ନେଇଥିଲେ। ଏହି କାର୍ଯ୍ୟକ୍ରମରେ କୁକୁଡ଼ାଖଣ୍ଡି ବ୍ଲକର ଅଧକ୍ଷ କାମାକ୍ଷା ପ୍ରସାଦ ପାତ୍ର, ଉପାଧକ୍ଷା ବିଷ୍ଣୁପ୍ରିୟା ପାତ୍ର, ବିଜୁ ଜନତା ଦଳର ବ୍ଲକ ସଭାପତି ସୀତାରାମ ସାହୁ, ଉପସଭାପତି କୈଳାସ ବିଷୋୟୀ, ବରିଷ୍ଠ ସମାଜ ସେବୀ ଉଦୟ କୁମାର ବେହେରା, ମହିଳା ସଭାପତି ନିରୁପମା ପାତ୍ର, ବନ୍ଧୁପଲ୍ଲୀ ଗ୍ରାମ ପଞ୍ଚାୟତର ସରପଞ୍ଚ କାମିନୀ ନାୟକ, ପୂର୍ବତନ ସରପଞ୍ଚ ପ୍ରଶାନ୍ତ କୁମାର ସ୍ୱାଇଁ, ବରିଷ୍ଠ ନେତା ରମେଶ ଚନ୍ଦ୍ର ସ୍ୱାଇଁ, ରଞ୍ଜନ କୁମାର ସ୍ୱାଇଁଙ୍କ ସମେତ ସମସ୍ତ ସରପଞ୍ଚ, ସମିତି ସଭ୍ୟ/ସଭ୍ୟା, ବନ୍ଧୁପଲ୍ଲି ଗ୍ରାମ ପଞ୍ଚାୟତର ଯୁବ, ଛାତ୍ର, ମହିଳା ସମସ୍ତ ବିଜୁ ଜନତା ଦଳର କର୍ମୀ ଯୋଗ ଦେଇ କାର୍ଯ୍ୟକ୍ରମ କୁ ସଫଳତା କରିଥିଲେ।

## ରାୟଗଡା ଜିଲ୍ଲା ସ୍ତରୀୟ ଶିଶୁ ମହୋତ୍ସବ



ରାୟଗଡା ତା ୦୬-୧୧-୨୩ ରାୟଗଡା ଜିଲ୍ଲା ସ୍ତରୀୟ ଶିଶୁ ମହୋତ୍ସବ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ,ରାୟଗଡା,ପରିସରରେ ମହା ସମାରୋହରେ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାର ୧୧ଟି ମଣ୍ଡଳ ଶିକ୍ଷା ଅଧିନସ୍ଥ ବିଦ୍ୟାଳୟରୁ ୩୬୩ଜଣ ଛାତ୍ର ଛାତ୍ରୀ ୧୩ଟି ବିଭାଗରେ ଅଂଶ ଗ୍ରହଣ କରିଥିଲେ । ଏହି ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ର ଛାତ୍ରୀମାନେ ରାଜ୍ୟ ସ୍ତରୀୟ ଶିଶୁ ମହୋତ୍ସବ ସୁରଭି -୨୩ ଭୁବନେଶ୍ୱର ଠାରେ ଭାଗ ନେବେ । ଆୟୋଜିତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ରାୟଗଡା ବିଧାୟକ ଶ୍ରୀ ମକରନ୍ଦ ମୁଦୁଲି ଯୋଗ ଦେଇ ଉତ୍ସବର ଶୁଭ ଉଦ୍ଘାଟନ କରିଥିଲେ । ସମ୍ମାନୀୟ ଅତିଥି ଭାବେ ଜିଲ୍ଲା ପରିଷଦ ଅଧକ୍ଷ ସରସ୍ୱତୀ ମାଝୀ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ପୂର୍ଣ୍ଣ ଚନ୍ଦ୍ର ବରିହା, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ଭଜନ ଲାଲ ମାଝୀ, ରାୟଗଡା ମଣ୍ଡଳ ଶିକ୍ଷା ଅଧିକାରୀ ଶ୍ରୀ ସୁଦିପ୍ତ କୁମାର ଦାସ,ଓ ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ସୁନିତା ଭୋଇ ଯୋଗ ଦେଇଥିଲେ । ସେହିପରି ଉଦଯାପନ ଉତ୍ସବରେ ମୁଖ୍ୟ ଅତିଥି ଭାବେ ରାଜ୍ୟ ଆଇନ, ଆଦିବାସୀ ହରିଜନ କଲ୍ୟାଣ ଓ ପଛୁଆବର୍ଗ ମନ୍ତ୍ରୀ ଶ୍ରୀ ଜଗନ୍ନାଥ ସାରକା ଯୋଗଦେଇଥିବା ବେଳେ ମୁଖ୍ୟ ବକ୍ତା ଭାବେ ଶିକ୍ଷାବିତ୍ ଡକ୍ଟର ଦୁଷ୍ମନ୍ତ କୁମାର ମହାନ୍ତି ଯୋଗ ଦେଇଥିଲେ । ମନ୍ତ୍ରୀ ଶ୍ରୀ ସାରକା କୃତି ପ୍ରତିଯୋଗୀ ମାନଙ୍କୁ ପ୍ରମାଣ ପତ୍ର ପୁରସ୍କାର ବିତରଣ କରିଥିଲେ । ଜି ସି ଡ଼ି ଜିଲ୍ଲା ସ୍କୁଲର ଶିକ୍ଷକ ଶ୍ରୀ ଆଶୋକ କୁମାର ଦାସ ମଞ୍ଚ ପରିଚାଳନା କରିଥିବାବେଳେ କୋଲନରା ଗୋଷ୍ଠୀ ଶିକ୍ଷା ଅଧିକାରୀ ଶ୍ରୀମତୀ ମଞ୍ଜୁଲତା ଜେନା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ । ଜିଲ୍ଲା ସର୍ବ ଶିକ୍ଷା କାର୍ଯ୍ୟାଳୟର ସଂଯୋଜକ ଜ୍ଞାନ ରଞ୍ଜନ ସାହୁ, ସୁରେନ୍ଦ୍ର ସାଠୁଆ, ପ୍ରଦୀପ ତ୍ରିପାଠୀ, ଶିକ୍ଷକ ନେତା ଦୀପକ ରାଉତ, ଶିକ୍ଷକ ଜଗତ ରାଉତ, ସୁରେଶ ପଟ୍ଟନାୟକ ଓ ଶିକ୍ଷୟିତ୍ରୀ ସସ୍ମିତା ମିଶ୍ର କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଡି.ଏ.ଭି. ଜୋନାଲ ଚେସ ଚାମ୍ପିୟନସିପ୍ ଉଦ୍‌ଯାପିତ




ଭୁବନେଶ୍ୱର,(ପି.ଏନ): ଡି.ଏ.ଭି. ପବ୍ଲିକ୍ ସ୍କୁଲ, କଳିଙ୍ଗ ନଗରଠାରେ ୨ଦିନ ବ୍ୟାପୀ ଡି.ଏ.ଭି ଜାତୀୟ କ୍ରୀଡ଼ା ଅନ୍ତର୍ଗତ ଡି.ଏ.ଭି ଜୋନାଲ୍ ଚେସ୍ ଚାମ୍ପିଅନସିପ୍ ଉଦ୍‌ଯାପିତ ହୋଇଯାଇଛି । ଏହି ଟୁର୍ଣ୍ଣାମେଣ୍ଟରେ ୧୭ଟି ସ୍କୁଲରୁ ୬୮ ଜଣ ବାଳକ ଓ ୨୨ଜଣ ବାଳିକା ଭାଗ ନେଇଥିଲେ । ବାଳକ ବିଭାଗରେ ଡି.ଏ.ଭି ସି.ଡି.ଏ କଟକ ମୋଟ ୧୨ ପଏଣ୍ଟ ସହ ଚମ୍ପିଅନ୍ ହୋଇଥିବାବେଳେ ଡି.ଏ.ଭି, ଏସ୍‌ସିବି ମେଡିକାଲ୍ କଟକ ରନର୍ସ ଅପ୍ ହୋଇଛନ୍ତି । ସେହିପରି ବାଳିକା ବିଭାଗରେ ଡି.ଏ.ଭି, ସିଡିଏ କଟକ ମୋଟ ୮ ପଏଣ୍ଟ ସହ ଚମ୍ପିଅନ୍ ହୋଇଥିବାବେଳେ ଡିଏଭି, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର ରନର୍ସ ଅପ୍ ହୋଇଛନ୍ତି । ଉଭୟ ବାଳକ ଓ ବାଳିକାରେ ଚାମ୍ପିଅନ୍ ଦଳ ଡିଏଭି ଜାତୀୟ ଚେସ୍ ଚାମ୍ପିଅନସିପ୍‌ରେ ଓଡ଼ିଶାର ପ୍ରତିନିଧିତ୍ୱ କରିବେ । ପୁରସ୍କାର ବିତରଣ ଉତ୍ସବରେ ଡିଏଭି ପବ୍ଲିକ ସ୍କୁଲ, ପୋଖରୀପୁଟର ଅଧକ୍ଷ ବିପିନ କୁମାର ସାହୁ, ବିଦ୍ୟାଳୟର ଅଧକ୍ଷ ବଳରାମ ମହାପାତ୍ର ପ୍ରମୁଖ ଅତିଥି ଭାବେ ଯୋଗଦେଇ ଚାମ୍ପିଅନ୍ ଓ ରନର୍ସ ଅପ୍ ଦଳକୁ ଟ୍ରଫି ଓ ପଦକ ପ୍ରଦାନ କରିଥିଲେ । ଏହି ପ୍ରତିଯୋଗିତାକୁ ଓଡ଼ିଶା ଚେସ୍ ଆସୋସିଏସନ୍‌ର ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ମୁଖ୍ୟ ଆର୍ବିଟର ଓ ଅଫିସିଆଲ୍ ଭାବେ ସୃଜନ ରାୟ ପରିଚାଳନା କରିଥିଲେ । ବିଦ୍ୟାଳୟର ଶାରୀରିକ ଶିକ୍ଷା ବିଭାଗର ମୁଖ୍ୟ ଡ. ପ୍ରକାଶ ଚନ୍ଦ୍ର ପାଣିଗ୍ରାହୀ, ଶିକ୍ଷକ ଏ ରବିଶଙ୍କର ଏବଂ ବିଦ୍ୟାଳୟର ସମସ୍ତ କର୍ମକର୍ତ୍ତାମାନଙ୍କ ସହାୟତାରେ ଏହି ପ୍ରତିଯୋଗିତାଟି ସୂଚାରୁରୁପେ ସମ୍ପାଦିତ ହୋଇଥିଲା ।

## କଳିଙ୍ଗ ବାଲିଯାତ୍ରା ମହୋତ୍ସବ ପାଇଁ ଭୂମିପୂଜା ଉତ୍ସବ



ପାରାଦୀପ,(ପି.ଏନ): ପାରାଦୀପ ସମୁଦ୍ର ବେଳାଭୂମି ବିଜୁ ମଇଦାନ ଠାରେ ଓଡ଼ିଶାର ଦ୍ୱିତୀୟ ପ୍ରସିଦ୍ଧ କଳିଙ୍ଗ ବାଲିଯାତ୍ରା ଚଳିତ ବର୍ଷ ନଭେମ୍ବର ୨୬ ରୁ ଡିସେମ୍ବର ମାସ ୩ ତାରିଖ ପର୍ଯ୍ୟନ୍ତ ଦୀର୍ଘ ୮ ଦିନ ବ୍ୟାପି ଧୂମଧାମ୍‌ରେ ପାଳିତ ହେବାକୁ ଯାଉଛି । ଏହି ପରିପ୍ରେକ୍ଷୀରେ ବୁଧବାର ଦିନ ପାରାଦୀପ ବେଳାଭୂମି ସ୍ଥିତ ବାଲିଯାତ୍ରା ପଡିଆରେ ଭୂମିପୂଜା ଉତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କଳିଙ୍ଗ ବାଲିଯାତ୍ରା କମିଟିର ଉପାଧ୍ୟକ୍ଷ ତଥା ପାରାଦୀପ ଅତିରିକ୍ତ ଜିଲ୍ଲାପାଳ ନିରଞ୍ଜନ ବେହେରା କର୍ତ୍ତା ଭାବରେ ଭୂମିପୂଜନ କରିଥିବା ବେଳେ ପାରାଦୀପ ପୌରାଧକ୍ଷ ବସନ୍ତ ବିଶ୍ୱାଳ, ଉପାଧ୍ୟକ୍ଷା ଛବିଲତା ରାଉତ, ପୌର ନିର୍ବାହୀ ଅଧିକାରୀ ପ୍ରଦୀପ ସାହା,କୋରକମିଟି ସଭ୍ୟ ସୁମନ୍ତ ବିଶ୍ୱାଳ, ମାୟାଧର ରାଉତ, ଉଲ୍ଲାସ ବିଶ୍ୱାଳ,ପ୍ରଦୀପ କୁମାର ସାହୁ ଙ୍କ ସମେତ ବହୁ ଗଣମାଧମ ପ୍ରତିନିଧି ଏବଂ କଳିଙ୍ଗ ବାଲିଯାତ୍ରା କମିଟି ର ଅନେକ ସଦସ୍ୟ ମାନେ ଉପସ୍ଥିତ ଥିଲେ। ତେବେ ଚଳିତ ବାଲିଯାତ୍ରାକୁ ଅଧ ?କ ଆକର୍ଷଣୀୟ କରିବାକୁ ବାଲିଯାତ୍ରା କମିଟି ପକ୍ଷରୁ ବ୍ୟାପକ ଆୟୋଜନ ଓ ପ୍ରସ୍ତୁତି ଚାଲିଥିବା ନେଇ ସୂଚନା ଦେଇଛନ୍ତି କଳିଙ୍ଗ ବାଲିଯାତ୍ରା କମିଟିର ଉପାଧକ୍ଷ ତଥା ଏଡିଏମ ଶ୍ରୀ ବେହେରା । ସେହିପରି ଭୂମିପୂଜା ପରେ ବାଲିଯାତ୍ରା ପଡିଆ ରେ ଆଜିଠାରୁ ପ୍ରସ୍ତୁତି କାର୍ଯ୍ୟ ଆରମ୍ଭ ହୋଇଛି ବୋଲି ପୌରାଧକ୍ଷ ବସନ୍ତ ବିଶ୍ୱାଳ ସୂଚନା ଦେଇଥିଲେ ।

## ଭୁବନେଶ୍ୱର ଜିଲ୍ଲା କଂଗ୍ରେସର ସଂକୀର୍ତ୍ତନ ସତ୍ୟାଗ୍ରହ ସ୍ଥାନ ପରିବର୍ତ୍ତନ

ଭୁବନେଶ୍ୱର,(ପି.ଏନ): ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ପକ୍ଷରୁ ଆସ'।କାଲି ତା ୦୯.୧୧.୨୦୨୩ ରିଖରେ ୟୁନିଟ୍-୫ ଜଗନ୍ନାଥ ମନ୍ଦିର ଠାରେ 'ସଂକୀର୍ତ୍ତନ ସତ୍ୟାଗ୍ରହ' କାର୍ଯ୍ୟକ୍ରମ ଆୟୋଜିତ ହେବା ପାଇଁ ସ୍ଥିରିକୃତ ହୋଇଥିଲା କିନ୍ତୁ ସେହି ଅଂଚଳରେ ୧୪୪ ଧାରା ବଳବତର ଥିବାରୁ ଜିଲ୍ଲା କଂଗ୍ରେସର 'ସଂକୀର୍ତ୍ତନ ସତ୍ୟାଗ୍ରହ' କାର୍ଯ୍ୟକ୍ରମର ସ୍ଥାନ ପରିବର୍ତ୍ତନ କରାଯାଇ କଂଗ୍ରେସ ଭବନ ସମ୍ମୁଖରେ ଆୟୋଜିତ ହେବାକୁ ନିଷ୍ପତି ଗ୍ରହଣ କରାଯାଇଛି। ସମସ୍ତ କଂଗ୍ରେସ କର୍ମୀ ଓ ନେତୃବୃନ୍ଦ, ଜଗନ୍ନାଥ ପ୍ରେମୀ ଓ ଭକ୍ତମାନେ ଆସନ୍ତାକାଲି ୯ ଘଟିକା ସମୟରେ କଂଗ୍ରେସ ଭବନ ସମ୍ମୁଖରେ ଉପସ୍ଥିତ ହେବା ପାଇଁ ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ବିଶ୍ୱଜିତ୍ ଦାସ ଅନୁରୋଧ କରିଛନ୍ତି।

## ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ପ୍ରସ୍ତୁତି ବୈଠକ



ରାୟଗଡା,(ପି.ଏନ); ଜିଲ୍ଲାପରିଷଦ ସଭାଗୃହରେ ଜିଲ୍ଲା ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ପାଇଁ ଗତ ତା ୦୭/୧୧/୨୦୨୩ରିଖରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି ଓ ରାୟଗଡା ଜିଲ୍ଲାପାଳ ଶ୍ରୀମତୀ ସ୍ୱଧାଦେବ ସିଂଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ମେଳାକୁ ଜିଲ୍ଲାର ଚାଷୀ, ଛାତ୍ରଛାତ୍ରୀ ଓ ଜନସାଧାରଣଙ୍କ ପାଇଁ ଆକର୍ଷଣୀୟ କରିବା ପାଇଁ ବିଭିନ୍ନ ଦିଗ ଉପରେ ଆଲୋଚନା କରାଯାଇଥିଲା ଓ ନଭେମ୍ବର ୧୮ ଓ ୧୯ ତାରିଖରେ ଜିସିଡ଼ି ଉଚ୍ଚ ବିଦ୍ୟାଳୟ ପଡିଆରେ ମେଳା ଆୟୋଜନ ହେବ ଓ ଏଥିରେ ୪୦ଟି ଷ୍ଟଲ ସହିତ ଜୀବନ୍ତ ମତ୍ସ୍ୟ ଓ ବିଭିନ୍ନ ପ୍ରଜାତିର ଗୃହପାଳିତ ପ୍ରାଣୀସମ୍ପଦର ପ୍ରଦର୍ଶନୀ ଆୟୋଜିତ ହେବ ଓ ପ୍ରତ୍ୟେକ ଦିନ ସଭାକାର୍ଯ୍ୟ ସହ ଚାଷୀ-ବୈଜ୍ଞାନିକ ଆଲୋଚନା ଚକ୍ର ଅନୁଷ୍ଠିତ ହେବ ଓ ଜିଲ୍ଲାରେ ମତ୍ସ୍ୟ ଓ ପ୍ରାଣୀ ପାଳନରେ କୃତୀ ଅର୍ଜନ କରିଥିବା ୮ଜଣ ଚାଷୀଙ୍କୁ ସମ୍ବର୍ଦ୍ଧିତ କରାଯିବା ସହିତ +୨ ବିଜ୍ଞାନ ପଢୁଥିବା ଛାତ୍ରଛାତ୍ରୀଙ୍କ ପାଇଁ ପ୍ରାଣୀ ଚିକିତ୍ସା ଶିକ୍ଷା ଉପରେ ଏକ ସେମିନାର ଆୟୋଜିତ ହେବ ଓ ଏତଦବ୍ୟତୀତ ଗୋସମ୍ବର୍ଦ୍ଧନା ଉତ୍ସବ ପାଇଁ ଗୋପୁଜନ ସହ ଏକ ଗୋ ବତ୍ସା ପ୍ରଦର୍ଶନୀ ଅନୁଷ୍ଠିତ ହେବ ଓ ୧୩ ଓ ୧୪ ନଭେମ୍ବରରେ ଗୁଡାରି , କାଶୀପୁର, ରାୟଗଡା ଓ ବିଷମକଟକ ବ୍ଲକ ରେ ଗୋଚିକିତ୍ସା ଓ ଟୀକାକରଣ ଶିବିର ଆୟୋଜନ କରି ଗୋ-ମହିଷାଦିଙ୍କର ବିଭିନ୍ନ ରୋଗର ଚିକିତ୍ସା ଓ ଟୀକାକରଣ କରାଯିବ ଓ ପ୍ରତ୍ୟେକ ଦିନ ଜିଲ୍ଲାର ସମସ୍ତ ବ୍ଲକ ରୁ ୭୦୦ ରୁ ଅଧିକ ମତ୍ସ୍ୟ ଓ ପ୍ରାଣୀପାଳକ ଏହି ମେଳାରେ ଅଂଶଗ୍ରହଣ କରିବେ ଓ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିକାଶ ବିଭାଗର ବିଭିନ୍ନ ଯୋଜନାକୁ ଲୋକକଳା ଓ ଲୋକନୃତ୍ୟ ମାଧମରେ ଚାଷୀଙ୍କ ଅବଗତି ପାଇଁ ପ୍ରତିଦିନ ଅପରାହ୍ନରେ ଲୋକନୃତ୍ୟ କାର୍ଯ୍ୟକ୍ରମ ଆୟୋଜିତ ହେବ ଓ ବୈଠକରେ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ହାଡ଼ିବନ୍ଧୁ ଭୋଇ , ଅତିରିକ୍ତ ନିର୍ବାହୀ ଅଧିକାରୀ, ଜିଲ୍ଲା ପରିଷଦ ଶ୍ରୀ ନରେନ୍ଦ୍ର କୁମାର ନାୟକ, ରାୟଗଡା ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାସକ ଡା. ଦିଲ୍ଲୀପ କୁମାର ବେହେରା , ଗୁଣୁପୁର ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାସିକା ଶ୍ରୀମତୀ ଶାନ୍ତିପ୍ରଭା ପ୍ରଧାନ, ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ମନୋଜ କୁମାର ପ୍ରଧାନ, ଜିଲ୍ଲା ମତ୍ସ୍ୟ ଅଧିକାରୀ ଶ୍ରୀମତୀ ଚୁଲକାନ୍ତି ତାଜନ, ଲିଡ଼ ବାଙ୍କ ମ୍ୟାନେଜର ଭବ ରଞ୍ଜନ ମିଶ୍ର, ମିଶନ ଶକ୍ତି ଜିଲ୍ଲା ପ୍ରକଳ୍ପ ସଂଯୋଜକ ହେମନ୍ତ କୁମାର ବାଗ, ଓରମାସର ଉପମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ମନୋଜ କୁମାର ପାତ୍ର, କୃଷି ବିଜ୍ଞାନ କେନ୍ଦ୍ର ଗୁଣୁପୁରର ବରିଷ୍ଠ ବୈଜ୍ଞାନିକ ଡା ସୁସ୍ମିତା ମହାନ୍ତି , ଜିଲ୍ଲା ଯୋଗାଣ ଅଧିକାରୀ ରାଜ କିଶୋର ପାଣିଗ୍ରାହୀ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବସନ୍ତ କୁମାର ପ୍ରଧାନ ଓ ଅନ୍ୟାନ୍ୟ ବିଭାଗୀୟ ଅଧିକାରୀମାନେ ଅଂଶଗ୍ରହଣ କରିଥିଲେ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)
FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities



TUITION CLASSES
for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray